୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.52 Bhubaneswar Sunday March 31 2024 | ୨୬ତମ ବର୍ଷ ସଂଖ୍ୟା–୫୨ ଭୁବନେଶ୍ୱର, ରବିବାର, ମାର୍ଚ୍ଚ ୩୧, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

## କେଜ୍ରିୱାଲ ନିରାଶ, ଜରୁରୀ ଶୁଣାଣି ପାଇଁ ମନା କଲେ ସୁପ୍ରିମକୋର୍ଟ

ଭୁବନେଶ୍ୱର,୩୦ ।୩(ପି.ଏନ): ଇଡି ରେଡ ଓ ସମ୍ଭାବ୍ୟ ଗିରଫଦାରୀ ଭୟରେ ସୁପ୍ରିମକୋର୍ଟରେ ପହଞ୍ଚିଥିବା ଦିଲ୍ଲୀ ମୁଖ୍ୟମନ୍ତ୍ରୀ ଅରବିନ୍ଦ କେଜ୍ରିୱାଲଙ୍କୁ ନିରାଶ ହେବାକୁ ପଡିଛି । କେଜ୍ରିୱାଲଙ୍କ ଲିଗାଲ ଟିମ ସୁପ୍ରିମକୋର୍ଟରେ ପହଞ୍ଚି ଜରୁରୀ ଶୁଣାଣି ପାଇଁ ଆବେଦନ କରିଥିଲେ । ଅଭିଷେକ ସିଙ୍ଘଭୀଙ୍କ ନେତୃତ୍ୱରେ ଗୋଟିଏ ଟିମ ସୁପ୍ରିମକୋର୍ଟରେ ପହଞ୍ଚିଥିଲେ । ହେଲେ ସୁପ୍ରିମକୋର୍ଟ ଜରୁରୀ ଶୁଣାଣି ପାଇଁ ମନା କରି ଦେଇଛନ୍ତି । ମଧ୍ୟରାତ୍ର ଶୁଣାଣି ପାଇଁ କୋର୍ଟ ମନା କରି ସକାଳେ ଆସିବାକୁ କହିଛନ୍ତି ।



## ଟ୍ରକ ଧକ୍କାରେ ଜଣେ ମୃତ, ୫ଘଣ୍ଟା ଧରି ରାସ୍ତା ରୋକ କଲେ ଲୋକେ

ବାସୁଦେବପୁର,୩୦ ।୩(ପି.ଏନ): ସ୍ଥାନୀୟ ବିଦେଇପୁର ଠାରେ କଣ୍ଟିଆ ନାଳୀ ଠାରେ ଟ୍ରକ ଧକ୍କା ରେ ଜଣେ ବ୍ୟକ୍ତି ଙ୍କର ଜୀବନ ଯାଇଛି । ବ୍ୟକ୍ତି ଜଣକ ହେଲେ ମାୟାଧର ମଲିକ ବୟସ (୬୨) । କୌଣସି କାମ ରେ ରାସ୍ତା ରେ ଯିବା ସମୟ ରେ ଟ୍ରକ୍ ଧକ୍କା ଦେଇଛି ବୋଲି ଲୋକେ କହିଛନ୍ତି । ଏହି ଘଟଣା ପରେ ସ୍ଥାନୀୟ ଲୋକେ କ୍ଷତି ପୂରଣ ଦାବିରେ ଟାୟାର ଜାଳି ଦୀର୍ଘ ପାଞ୍ଚ ଘଣ୍ଟା ରୁ ଅଧିକ ସମୟ ଧରି ରାସ୍ତା ରୋକ କରିଥିଲେ । ଫଳ ରେ ବହୁ ଗାଡ଼ି ଯିବା ଆସିବା ନ କରି ଅପେକ୍ଷା କରି ଲାଇନ୍ ଧରି ରହିଥିବାର ଦେଖା ଯାଇଥିଲା । ଘଟଣା ସ୍ଥଳ କୁ ଏସ ଡି ପି ଓ ସୌରଭ ଓଟା, ଥାନା ଅଧିକାରୀଣି ସାବିତ୍ରୀ ପଣ୍ଡା, ତହସିଲଦାର ସୌଭାଗ୍ୟ ପଣ୍ଡା ଓ ସମସ୍ତ ଥାନା ଅଧିକାରୀ ଘଟଣାସ୍ଥଳକୁ ଯାଇ ଲୋକ ମାନଙ୍କ ସହ ଆଲୋଚ୍ନା କରି ବୁଝା ଶୁଝା କରିଥିଲେ । ରିପୋର୍ଟ ଲେଖା ସୁଦ୍ଧା ଆଲୋଚ୍ନା ଜାରି ଥିବା ଜଣା ଯାଇଛି ।

## ଗିରଫ ହେବେ କି ଦିଲ୍ଲୀ ମୁଖ୍ୟମନ୍ତ୍ରୀ ଅରବିନ୍ଦ କେଜ୍ରିୱାଲ ?

ଭୁବନେଶ୍ୱର,୩୦ ।୩(ପି.ଏନ): ଦିଲ୍ଲୀ ମୁଖ୍ୟମନ୍ତ୍ରୀ ଅରବିନ୍ଦ କେଜ୍ରିୱାଲଙ୍କୁ ଆଜି ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ(ଇଡି) ଗିରଫ କରିପାରେ । ଦିଲ୍ଲୀର ତଥାକଥିତ ଅବକାରୀ ନୀତି ଦୁର୍ନୀତି ଘଟଣାରେ ତାଙ୍କୁ ଗିରଫ କରାଯାଇ ପାରେ । ଏହି ଘଟଣାରେ ଇଡି ତାଙ୍କୁ ୯ଥର ସମନ କରିଥିଲେ ହେଁ ସେ ଏହାକୁ ଖାତିର କରି ନଥିଲେ । ଇଡି କାଳେ ଗିରଫ କରି ନେବ, ସେହି ଆଶଙ୍କାରେ କେଜ୍ରିୱାଲ ଦିଲ୍ଲୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । ଦିଲ୍ଲୀ ହାଇକୋର୍ଟରୁ ନିରାଶ ହେବା କ୍ଷଣି କେଜ୍ରିୱାଲଙ୍କ ଅଡୁଆ ବଢ଼ିଛି ।ହାଇକୋର୍ଟ କେଜ୍ରିୱାଲଙ୍କ ଆବେଦନ ଖାରଜ କରିବା କ୍ଷଣି ଇଡିର ୮ ଜଣିଆ ଟିମ ତାଙ୍କ ଘରେ ପହଞ୍ଚି ଯାଇଛନ୍ତି । ଇଡିର ଅଧିକାରୀମାନେ ତାଙ୍କ ଘର ସର୍ଚ୍ଚ କରୁଥିବା ବେଳେ ବୟାନ ମଧ୍ୟ ରେକର୍ଡ କରୁଛନ୍ତି । ପ୍ରିଭେନସନ ଅଫ ମନି ଲଣ୍ଡରିଂ ଆକ୍ଟର ଧାରା ୫୦ ଅନୁଯାୟୀ ତାଙ୍କ ବୟାନ ରେକର୍ଡ ହେଉଛି । କେଜ୍ରିୱାଲ ଓ ତାଙ୍କ ପରିବାର ଲୋକଙ୍କ ଫୋନକୁ ମଧ୍ୟ ଇଡି ଜବତ କରି ନେଇଛି ।



## ରାଜ୍ୟରେ ଗଠନ ହେବ ୨୨ଟି ନୂତନ ବିଜ୍ଞାପିତ ଅଞ୍ଚଳ ପରିଷଦ, ଘୋଷଣା କଲେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ

ଭୁବନେଶ୍ୱର୩୦ ।୩(ପି.ଏନ): ରାଜ୍ୟର ୧୩ଟି ଜିଲ୍ଲାରେ ୨୨ଟି ନୂତନ ବିଜ୍ଞାପିତ ଅଞ୍ଚଳ ପରିଷଦ(ଘଇଉ) ଗଠନ ଏବଂ ଗଞ୍ଜାମର ଭଞ୍ଜନଗର ଏନଏସିକୁ ମୁନିସିପାଲିଟିକୁ ଉନ୍ନୀତ କରାଯିବା ନେଇ ଘୋଷଣା କରିଛନ୍ତି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ । ୫ଟି ଅଧକ୍ଷ କାର୍ତ୍ତିକ ପାଣ୍ଡିଆନଙ୍କ ବିଭିନ୍ନ ଜିଲ୍ଲା ଗସ୍ତକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀ ଏହି ନିଷ୍ପତ୍ତି ନେଇଛନ୍ତି ।ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଅନୁଯାୟୀ ବୌଦ୍ଧ ଜିଲ୍ଲାର ମନମୁଣ୍ଡା, ପୁରୁଣା କଟକ ଓ ବାଉଁଶୁଣି, ବଲାଙ୍ଗିରର ଲୋଇସିଂହା ଓ ସିନ୍ଧେକେଲା, ବରଗଡର ସୋହେଲା, କଳାହାଣ୍ଡିର ନର୍ଲା ଓ ମଦନପୁର ରାମପୁର ଖୋର୍ଦ୍ଧାର ବୋଲଗଡ ନୟାଗଡ଼ର ଶରଣକୁଳ, ପୁରୀର ସାକ୍ଷୀଗୋପାଳ ଓ କାକଟପୁର ,ସମ୍ବଲପୁରର ରେଙ୍ଗାଲି ଓ ବାମଣ୍ଡା ଏବଂ ସୁବର୍ଣ୍ଣପୁର ଜିଲ୍ଲାର ସୁବଳୟା ,ଉଲୁଣ୍ଡା ଓ ରାମପୁର ଆଦି ସ୍ଥାନକୁ ବିଜ୍ଞାପିତ ଅଞ୍ଚଳ ପରିଷଦ ମାନ୍ୟତା ପ୍ରଦାନ କରାଗଲା ।

## ଟ୍ରକ ଧକ୍କାରେ ଜଣେ ମୃତ, ୫ଘଣ୍ଟା ଧରି ରାସ୍ତା ରୋକ କଲେ ଲୋକେ

ବାସୁଦେବପୁର,୬ ।୩(ପି.ଏନ): ସ୍ଥାନୀୟ ବିଦେଇପୁର ଠାରେ କଣ୍ଟିଆ ନାଳୀ ଠାରେ ଟ୍ରକ ଧକ୍କା ରେ ଜଣେ ବ୍ୟକ୍ତି ଙ୍କର ଜୀବନ ଯାଇଛି । ବ୍ୟକ୍ତି ଜଣକ ହେଲେ ମାୟାଧର ମଲିକ ବୟସ (୬୨) । କୌଣସି କାମ ରେ ରାସ୍ତା ରେ ଯିବା ସମୟ ରେ ଟ୍ରକ୍ ଧକ୍କା ଦେଇଛି ବୋଲି ଲୋକେ କହିଛନ୍ତି । ଏହି ଘଟଣା ପରେ ସ୍ଥାନୀୟ ଲୋକେ କ୍ଷତି ପୂରଣ ଦାବିରେ ଟାୟାର ଜାଳି ଦୀର୍ଘ ପାଞ୍ଚ ଘଣ୍ଟା ରୁ ଅଧିକ ସମୟ ଧରି ରାସ୍ତା ରୋକ କରିଥିଲେ । ଫଳ ରେ ବହୁ ଗାଡ଼ି ଯିବା ଆସିବା ନ କରି ଅପେକ୍ଷା କରି ଲାଇନ୍ ଧରି ରହିଥିବାର ଦେଖା ଯାଇଥିଲା । ଘଟଣା ସ୍ଥଳ କୁ ଏସ ଡି ପି ଓ ସୌରଭ ଓଟା, ଥାନା ଅଧିକାରୀଣି ସାବିତ୍ରୀ ପଣ୍ଡା, ତହସିଲଦାର ସୌଭାଗ୍ୟ ପଣ୍ଡା ଓ ସମସ୍ତ ଥାନା ଅଧିକାରୀ ଘଟଣାସ୍ଥଳକୁ ଯାଇ ଲୋକ ମାନଙ୍କ ସହ ଆଲୋଚ୍ନା କରି ବୁଝା ଶୁଝା କରିଥିଲେ । ରିପୋର୍ଟ ଲେଖା ସୁଦ୍ଧା ଆଲୋଚ୍ନା ଜାରି ଥିବା ଜଣା ଯାଇଛି ।

## ରାତି ଅଧିଆ ଚ଼ଢାଉରେ ଫସିଗଲେ ଶିକାରୀ: ବନ୍ଧୁକ ସହ ୬ ଜଣଙ୍କୁ ଗିରଫ

ନୀଳଗିରି,୩୦ ।୩(ପି.ଏନ): ବାଲେଶ୍ୱର ଜିଲ୍ଲା ନୀଳଗିରିରେ ଅଚ଼ାନକ ରାତି ଅଧରେ ଚ଼ଢାଉ କରିଛି ପୋଲିସ । ସ୍ଥାନୀୟ ବାହାବନ୍ଧ ନିକଟ ଡେଉଁଚ଼ଖାଲ ଗାଁରେ ପୋଲିସର ଏହି ଚ଼ଢାଉ କରାଯାଇଛି । ନୀଳଗିରି ପୋଲିସ ଏବଂ ବନ ବିଭାଗର ଏହି ମିଳିତ ଚ଼ଢାଉରେ ୬ ଜଣଙ୍କୁ ପୋଲିସ ଗିରଫ କରିଛି । ଗିରଫ ହୋଇଥିବା ୬ ଜଣ ଶିକାରୀଙ୍କୁ ବନ୍ଧୁକ ସହ ପୋଲିସ ଗିରଫ କରିଥିବା ଜାଣିବାକୁ ମିଳିଛି । ଏମାନଙ୍କ ନିକଟରୁ ପୋଲସ ୬ଟି ବନ୍ଧୁକ ଜବତ କରିଛି ।ନୀଳଗିରି କୁଲଡିହା ଅଭୟାରଣ୍ୟରେ ହୋଇଥିଲା ଏହି କମ୍ବିଂ ଅପରେସନ୍ । ଏଥିରେ ୬ଟି ଦେଶୀ ବନ୍ଧୁକ ସହ ୬ ଜଣ ଶିକାରୀଙ୍କୁ ପୋଲିସ ଗିରଫ କରିଥିବା ଜାଣିବାକୁ ମିଳିଛି । ଏହି ଚ଼ଢାଉରେ ନୀଳଗିରି ପୋଲିସ, କୁଲଡିହା ବନ ବିଭାଗ ଏବଂ ଶିମିଳିପାଳ ଟାଇଗର୍ସ ପ୍ରୋଟେକ୍ସନ ଫୋର୍ସ ସାମିଲ ରହିଥିଲେ । ଶିକାରୀ ଗୁଳିରେ ବନ ବିଭାଗ କର୍ମଚ଼ାରୀ ଆହତ ହେବା ପରେ ଏଭଳି ପଦକ୍ଷେପ ନିଆଯାଇଛି ।

### ରାଜ୍ୟରେ ଆଗାମୀ ୩ ଦିନରେ ବଢିବ ତାପାମାତ୍ରା !

ଭୁବନେଶ୍ୱର,୩୦ ।୩(ପି.ଏ): ରାଜ୍ୟରେ ଗତ କିଛିଦିନ ହେବ କାଳବୈଶାଖୀ ବର୍ଷା । ଯୋଗୁଁ ତାପମାତ୍ରା କମିଯାଇଥିଲା । କିନ୍ତୁ ବର୍ତ୍ତମାନ ରାଜ୍ୟ ଦିନର ତାପମାତ୍ରା ବଢିବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଆକଳନ କରାଯାଇଛି । ଅଧିକାଂଶ ସ୍ଥାନରେ ଦିନ ତାପମାତ୍ରା ୮ ରୁ ୧୦ ଡିଗ୍ରୀ ବଢିବାର ସମ୍ଭାବନା ରହିଛି । ଆଭ୍ୟନ୍ତରୀଣ ଓ ପଶ୍ଚିମ ଓଡିଶାର କିଛି ଅଞ୍ଚଳରେ ୪୦ ଡିଗ୍ରୀ ଛୁଇଁପାରେ ।ସେହିଭଳି ଆଜି ସକାଳୁ ସକାଳୁ ଟ୍ୱିନ୍ ସିଟିରେ ଘନ କୁହୁଡିର ଆସ୍ତରଣ ଦେଖିବାକୁ ମିଳିଥିଲା । ଘନ କୁହୁଡି ଯୋଗୁଁ ରାସ୍ତା ଠିକ୍ ଭାବେ ଦେଖାଯାଉନଥିଲା । ଫଳରେ ଯାନବାହନ ଚ଼ଳାଚ଼ଳ ବାଧାପ୍ରାପ୍ତ ହୋଇଥିଲା । ଲଗାଣ ବର୍ଷା ପରେ ଟ୍ୱିନ୍ ସିଟିରେ ଶୀତ ସାଙ୍ଗକୁ ଘନ କୁହୁଡି ଦେଖାଦେଥିଲା ।ଦୁଇ ଦିନ ଧରି ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଥିବା ବେଳେ ଆଜି ସକାଳୁ ସକାଳୁ ଟ୍ୱିନ୍ ସିଟିରେ ଘନ କୁହୁଡି ଦୃଶ୍ୟମାନ ହୋଇଥିଲା । ତେବେ ଆଜି ଠାରୁ ପାଗ ବଦଳିବା ନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ଆକଳନ କରିଛି । ଆସନ୍ତାକାଲିଠାରୁ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିବାର ସମ୍ଭାବନା ରହିଛି । ଏହା ସହ ଦିନର ତାପମାତ୍ରା ୮ରୁ ୧୦ ଡିଗ୍ରୀ ଯାଏଁ ବୃଦ୍ଧି ପାଇବାର ସମ୍ଭାବନା ରହିଛି । ଆଜି ୬ଟି ଜିଲ୍ଲା ଯଥା କେନ୍ଦୁଝର, ମୟୁରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର ଏବଂ ଢେଙ୍କାନାଳର ଗୋଟିଏ ଦୁଇଟି ସ୍ଥାନରେ ହାଲୁକା ବର୍ଷା ହୋଇପାରେ ।

## ବ୍ୟାପୁଛି ଝାଡାବାନ୍ତି; ଜଣେ ମୃତ, ୧୩୦ରୁ ଉର୍ଦ୍ଧ୍ୱ ଆକ୍ରାନ୍ତ !

ଭୁବନେଶ୍ୱର,୩୦ ।୩(ପି.ଏନ): ସମ୍ବଲପୁର ଜିଲ୍ଲା ହୀରାକୁଦରେ ବ୍ୟାପୁଛି ଡାଇରିଆ । ସହରର ଘରେ ଘରେ ଡାଇରିଆ ରୋଗୀ । ଅଭିଯୋଗ ହୋଇଛି, ଝାଡାବାନ୍ତିରେ ଆକ୍ରାନ୍ତ ହୋଇ ପ୍ରାଣ ହରାଇଛନ୍ତି ହୀରାକୁଦ ସହର କାଲୁପଡାର ଟିକେଶ୍ୱର ନାୟକ । ପରିବାର ଲୋକଙ୍କ କହିବା ଅନୁସାରେ, ଝାଡାବାନ୍ତି ହେବାରୁ ପ୍ରଥମେ ତାଙ୍କୁ ହୀରାକୁଦ ମେଡିକାଲ୍ ?ରେ ଭର୍ତ୍ତି କରାଯାଇଥିଲା । ଗୁରୁତର ହେବାରୁ ବୁର୍ଲା ବଡ ମେଡିକାଲ୍‌କୁ ସ୍ଥାନାନ୍ତରିତ କରାଯାଇଥିଲା । ସେଠାରେ ଚ଼ିକିତ୍ସାଧୀନ ଅବସ୍ଥାରେ ଆଜି ଭୋରରୁ ତାଙ୍କର ମୃତ୍ୟୁ ହୋଇଥିଲା । ୧୩୦ରୁ ଅଧିକ ଆକ୍ରାନ୍ତ ହୋଇ ମେଡିକାଲ୍‌ରେ ଭର୍ତ୍ତି ହୋଇଛନ୍ତି ।ଝାଡାବାନ୍ତି କବ୍‌ଜାରେ ହୀରାକୁଦ ସହରର କାଲୁପଡା, ଗୁରୁସଦ୍ୱାରପଡା, ଗୌଡପଡା, ମାଛପଡା, ନିୟୁ ମାର୍କେଟ କଲୋନୀ ପ୍ରମୁଖ ପଡା ରହିଛି । ଦେଖିବାକୁ ଗଲେ ଏବେ ପ୍ରତି ପଡାରେ ପ୍ରତିଦିନ କେହି ନା କେହି ଡାଇରିଆରେ ଆକ୍ରାନ୍ତ ହେଉଛନ୍ତି । ସେମାନଙ୍କ ମଧ୍ୟରେ କେତେକଙ୍କୁ ପ୍ରାଥମିକ ଚ଼ିକିତ୍ସା ପରେ ଛାଡି ଦିଆଯାଉଛି ତ ଆଉ କାହାକୁ ମେଡିକାଲ୍‌ରେ ଚ଼ିକିତ୍ସା କରାଯାଉଛି ।



## ଟ୍ୱିନ୍ ସିଟିରେ ଘନ କୁହୁଡି, ଯାତାୟାତ ବାଧାପ୍ରାପ୍ତ

ଭୁବନେଶ୍ୱର,୩୦ ।୩(ପି.ଏନ): ସକାଳୁ ସକାଳୁ ଟ୍ୱିନ୍ ସିଟିରେ ଘନ କୁହୁଡିର ଆସ୍ତରଣ ଦେଖିବାକୁ ମିଳିଛି । ଘନ କୁହୁଡି ଯୋଗୁଁ ରାସ୍ତା ଠିକ୍ ଭାବେ ଦେଖାଯାଉନାହିଁ । ଫଳରେ ଯାନବାହନ ଚ଼ଳାଚ଼ଳ ବାଧାପ୍ରାପ୍ତ ହୋଇଛି । ଘନ କୁହୁଡି ଯୋଗୁଁ ୨୦ ମିଟର ଯାଏଁ ରାସ୍ତା ଦେଖାଯାଉ ନାହିଁ । ଲଗାଣ ବର୍ଷା ପରେ ଟ୍ୱିନ୍ ସିଟିରେ ଶୀତ ସାଙ୍ଗକୁ ଘନ କୁହୁଡି ଦେଖାଦେଇଛି ।ଦୁଇ ଦିନ ଧରି ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଥିବା ବେଳେ ଆଜି ସକାଳୁ ସକାଳୁ ଟ୍ୱିନ୍ ସିଟିରେ ଘନ କୁହୁଡି ଦୃଶ୍ୟମାନ ହୋଇଥିଲା । ତେବେ ଆଜି ଠାରୁ ପାଗ ବଦଳିବା ନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ଆକଳନ କରିଛି । ଆସନ୍ତାକାଲିଠାରୁ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିବାର ସମ୍ଭାବନା ରହିଛି । ଏହା ସହ ଦିନର ତାପମାତ୍ରା ୮ରୁ ୧୦ ଡିଗ୍ରୀ ଯାଏଁ ବୃଦ୍ଧି ପାଇବାର ସମ୍ଭାବନା ରହିଛି । ଆଜି ୬ଟି ଜିଲ୍ଲା ଯଥା କେନ୍ଦୁଝର, ମୟୁରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର ଏବଂ ଢେଙ୍କାନାଳର ଗୋଟିଏ ଦୁଇଟି ସ୍ଥାନରେ ହାଲୁକା ବର୍ଷା ହୋଇପାରେ ।



## କେବଳ ଡାକ୍ତର ନୁହେଁ ଉପହାର କାହାକୁ ଦିଆଯାଇପାରିବ ନାହିଁ ବୋଲି ଆଇନ୍ କରାଯାଉ

ଭୁବନେଶ୍ୱର,୩୦ ।୩(ପି.ଏନ): ଗତ ଗୁରୁବାର ଠାରୁ କେନ୍ଦ୍ର ସରକାରଙ୍କ ତରଫରୁ ନୂତନ ସମାନତା ସଂହିତା ଫାର୍ମାସିଟିକାଲ ବିପଣ ଅଭ୍ୟାସ ଲାଗୁକରାଯାଇଛି । ନୂତନ ସଂହିତା ଅନୁଯାୟୀ କମ୍ପାନୀମାନେ ଉପହାର ଦେଇ ପାରିବେ ନାହିଁ । ହୋଟେଲରେ ରହିବା ଓ ଟିକେଟ ସମେତ ଉପହାର ଦେଇପାରିବେ ନାହିଁ ବୋଲି କୁହାଯାଇଛି । କିନ୍ତୁ ଆମ ଦେଶରେ କେବଳ ଡାକ୍ତର ନୁହେଁ, ରାଜନୈତିକ ନେତା, ମନ୍ତ୍ରୀ, ଲୋକସଭା ସାଂସଦ, ରାଜ୍ୟସଭା ସାଂସଦ, ବିଧାୟକ, ଆଇ.ଏ.ଏସ୍., ଆଇ.ପି.ଏସ୍. ଅଫିସର, ଇଂଜିନିୟର, ସି.ଇ.ଓ. ଓ ଏମ୍.ଡ଼ି ମାନଙ୍କୁ ମୂଲ୍ୟବାନ ଉପହାର ବିଭିନ୍ନ କାର୍ଯ୍ୟକ୍ରମରେ ଯଥା ଦୁର୍ଗାପୂଜା, କାଳିପୂଜା, ହୋଲି, ନବବର୍ଷ, ସଂକ୍ରାନ୍ତି ଏପରିକି ବିବାହ, ବ୍ରତ ଉତ୍ସବରେ ନିଜର କାର୍ଯ୍ୟ, ଠିକା କାର୍ଯ୍ୟ ତଥା ବିଭିନ୍ନ ସ୍ୱାର୍ଥଗତ କାର୍ଯ୍ୟରେ ବହୁମୂଲ୍ୟ ଉପହାରମାନ ଖୋଲା ଖୋଲି ଦିଆଯାଉଛି । ଏପରିକି ବିଭିନ୍ନ ସରକାରୀ ଉଦ୍ୟୋଗ, ବେସରକାରୀ ଉଦ୍ୟୋଗ ଏବଂ ଏନ୍.ଜି.ଓ ମାନଙ୍କର ବିଭିନ୍ନ କାର୍ଯ୍ୟକ୍ରମ ସମ୍ମାନ ସମାରୋହ କାର୍ଯ୍ୟକ୍ରମ ଆଳରେ ବିଜ୍ଞାପିତ, ପ୍ରମୋସନ ନାମରେ କମ୍ପାନୀମାନେ ବହୁ ଅର୍ଥ ବ୍ୟୟ କରିବାର ମଧ୍ୟ ଉଦାହାରଣ ଅଛି । ଏଣୁ କେବଳ ଫାର୍ମାସିଟିକାଲ କମ୍ପାନୀ ବା ଡାକ୍ତରମାନେ ନିର୍ଦ୍ଦିଷ୍ଟ ଭାବରେ ଟର୍ଗେଟ ନ କରି ଯଦି କେନ୍ଦ୍ର ସରକାର ଓ ରାଜ୍ୟ ସରକାର ପ୍ରକୃତ ପକ୍ଷେ ସ୍ୱାର୍ଥ ଜନିତ ଓ ସଂପର୍କୀତି ଉପହାର ସଂପୂର୍ଣ୍ଣବାରଣ କରିବାକୁ ଚାହୁଁଛନ୍ତି ତେବେ ସମଗ୍ର ଦେଶରେ ଓ ଆମ ରାଜ୍ୟ ଓଡ଼ିଶାରେ ମୂଲ୍ୟବାନ ଉପହାର ଦେବା କଥା, ବ୍ୟକ୍ତିଗତ ସ୍ୱାର୍ଥଜନିତ ଓ ସଂପର୍କୀତ ସମ୍ମାନ ସମାରୋହରେ ଉପହାର ଦେବା ପାଇଁ ସଂପୂର୍ଣ୍ଣ ବନ୍ଦ କରିବା ପାଇଁ ଆଇନ ପ୍ରଣୟନ କରିବା ପାଇଁ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଜାତୀୟ ଉପସଭାପତି, ରାଜ୍ୟ ସଭାପତି ତଥା ପ୍ରାକ୍ତନ ସାଂସଦ ଡ. ରାମଚନ୍ଦ୍ର ଖୁଂଟିଆ ଦୃଢ଼ ଦାବୀ କରିବା ସହିତ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଓ କେନ୍ଦ୍ରର ପ୍ରଧାନମନ୍ତ୍ରୀଙ୍କୁ ଚିଠି ଲେଖିଥିଲେ ।

## ଅଖିଳ ଭାରତ କିଷାନ କଂଗ୍ରେସ ଜାତୀୟ କାର୍ଯ୍ୟକାରିଣୀ ବୈଠକରେ କିଷାନ ନ୍ୟାୟ ପ୍ରସଙ୍ଗରେ ୫ଟି ଗୁରୁତ୍ୱପୂର୍ଣ୍ଣ ନିଷ୍ପ□

ଭୁବନେଶ୍ୱର, ୩୦ ।୩(ପି.ଏନ): ଅଖିଳ ଭାରତ କିଷାନ କଂଗ୍ରେସର ଜାତୀୟ କାର୍ଯ୍ୟକାରିଣୀ ବୈଠକ ମାର୍ଚ୍ଚ ୨୦ ତାରିଖ ଦିନ ନୂଆଦିଲ୍ଲୀ ସ୍ଥିତ ୨୪, ଆକବର ରୋଡ଼ କଂଗ୍ରେସ କାର୍ଯ୍ୟାଳୟଠାରେ କେନ୍ଦ୍ରୀୟ ଅଧକ୍ଷ ସୁଖପାଲ ସିଂ ଖୈରାଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ପ୍ରଥମେ କେନ୍ଦ୍ର ଉପାଧ୍ୟକ୍ଷ ଅଖିଳେଶ ଶୁକ୍ଳା ଆଲୋଚ୍ୟ ପ୍ରସ୍ତାବଗୁଡ଼ିକ ଆଗତ କରିବା ପରେ ଏହା ବିସ୍ତୃତ ଭାବେ ଆଲୋଚନା କରାଯାଇଥିଲା । କେନ୍ଦ୍ରର ବିଜେପି ସରକାରରେ ଦେଶର ସମଗ୍ର ଚାଷୀକୁଳ ଅସୁରକ୍ଷିତ । ଚାଷୀ ଫସଲ ବୀମା ଏବଂ ଉତ୍ପାଦିତ କୃଷିଜାତ ଦ୍ରବ୍ୟର ଉଚିତ୍ ମୂଲ୍ୟ ପାଇବାରୁ ବଂଚିତ । ଆଦାନି ଅମ୍ବାନୀ ଭଳି କେତେକ ବୃହତ୍ ଘରୋଇ କମ୍ପାନୀଙ୍କଠାରୁ ୧୬ ଲକ୍ଷ କୋଟି ଟଙ୍କାରୁ ଉର୍ଦ୍ଧ୍ୱ ଋଣଛାଡ଼ କରାଯାଇଥିବା ବେଳେ ଦେଶର ଋଣ ଭାରରେ ଥିବା ଚାଷୀଙ୍କଠାରୁ ମୋଟ ୧୭ଲକ୍ଷ କୋଟି ଟଙ୍କା ଛାଡ଼ କରାନଯିବା ମୋଦି ସରେକାରର ଅନ୍ନଦାତାଙ୍କ ପ୍ରତି ଉଦାସୀନତା । ନରେନ୍ଦ୍ର ମୋଦି ସରକାର ଶାସନକୁ ଆସିବା ପରେ ସ୍ୱାମୀନାଥନ କମିଟି ସୁପାରିଷ ଆଧାରରେ ଏମ.ଏସ.ପିର ଦେଢ଼ଗୁଣା ବୃଦ୍ଧି ଏବଂ ଏମ.ଏସ.ପିକୁ ଆଇନଗତ ଗ୍ୟାରେଂଟି ଦେବାପାଇଁ ଦେଇଥିବା ପ୍ରତିଶ୍ରୁତି ପୂରଣ କରିବା ପରିବର୍ତ୍ତେ ଚାଷୀ ସେମାନଙ୍କ ହକ୍ ପାଇଁ ୧୩ମାସ ଲଢ଼େଇ କରିବା ଏବଂ ଏଥିରେ ୭୫୦ରୁ ଉର୍ଦ୍ଧ୍ୱ ଚାଷୀ ଶହୀଦ୍ ହେବା ପରେ ମଧ୍ୟ ଏହି ସରକାରର ଚାଷୀଙ୍କ ପ୍ରତି ତିଳେମାତ୍ର ଦରଦ ନାହିଁ ।

## ଦୁଇ ଫାଳ ବିଜେଡ଼ି: ମନ୍ତ୍ରୀ ଢୋଲକିଆଙ୍କ ବିରୋଧରେ ମୋର୍ଚ୍ଚା ଖୋଲିଛନ୍ତି ଜିଲ୍ଲା ସଭାପତି

ଭୁବନେଶ୍ୱର,୩୦ ।୩(ପି.ଏନ): ନୂଆପଡା ନିର୍ବାଚ଼ନ ମଣ୍ଡଳୀରୁ କିଏ ହେବେ ବିଜେଡି ପ୍ରାର୍ଥୀ ମନ୍ତ୍ରୀ ରାଜେନ୍ଦ୍ର ପ୍ରସାଦ ଢୋଲକିଆ ନା ଆଉ କିଏ ? ତାହା ବର୍ତ୍ତମାନ ସୁଦ୍ଧା ସ୍ପଷ୍ଟ ହୋଇନି । ହେଲେ ତା'ପୂର୍ବରୁ ଦମ୍ ଦେଖାଇବାରେ ବିଜେଡିର ଦୁଇ ଗୋଷ୍ଠୀ । ନୂଆପଡା ବିଧାୟକ ତଥା ମନ୍ତ୍ରୀ ରାଜେନ୍ଦ୍ର ପ୍ରସାଦ ଢୋଲକିଆଙ୍କ ବିରୋଧରେ ମୋର୍ଚ୍ଚା ଖୋଲିଛନ୍ତି ଜିଲ୍ଲା ବିଜେଡି ସଭାପତି ମନୋଜ କୁମାର ମିଶ୍ର । ଗତ ୧୬ ତାରିଖରେ ଶ୍ରୀ ମିଶ୍ର ଓ ତାଙ୍କ ସମର୍ଥକ ବିଶାଳ ଶୋଭାଯାତ୍ରା କରି ମନ୍ତ୍ରୀଙ୍କ ବିରୋଧରେ ଆଣିଛନ୍ତି ମାଳ ମାଳ ଦୁର୍ନୀତି ଅଭିଯୋଗ । ସ୍ଥିତି ଅଣାୟତ୍ତ ହେଉଥିବା ଦେଖି ଢୋଲକିଆଙ୍କ ସମର୍ଥକ ଆସନ୍ତାକାଲି ଦମ୍ ଦେଖାଇବା ପାଇଁ ରାସ୍ତାକୁ ଓହ୍ଲାଇବେ ବୋଲି ଜଣାପଡିଛି । ଯାହାକୁ ନେଇ ଅଡୁଆ ସ୍ଥିତିରେ ବିଜେଡି ମୁଖିଆ ।



## ତିନିଟି ଗାଁରେ ପାନୀୟ ଜଳ ଶୋଧନ ୟୁନିଟ୍ ଉଦ୍‌ଘାଟିତ

ଭୁବନେଶ୍ୱର,୩୦ ।୩(ପି.ଏନ): ବରିଷ୍ଠ ନେତା ଡ. ଦାମୋଦର ରାଉତଙ୍କ ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସୁଛି । ଏନେଇ ନେଇ ଦାମ ରାଉତଙ୍କ ପୁଅ ସମ୍ବିତ ରାଉତରାୟ ଗୁରୁବାର ସନ୍ଧ୍ୟାରେ ଗଣମାଧ୍ୟମକୁ ଏହି ସୂଚ଼ନା ଦେଇଛନ୍ତି । ସମ୍ବିତ କହିଛନ୍ତି ଯେ, ସକାଳ ଅପେକ୍ଷା ସ୍ଥିତି ବର୍ତ୍ତମାନ ଭଲ ଅଛି । ଡାକ୍ତରମାନେ ଚେଷ୍ଟା ଜାରି ରଖିଛନ୍ତି । ଡାକ୍ତରମାନଙ୍କ ସହ ଆଲୋଚ଼ନା କରିଛୁ । ମେଡ଼ିସିନ ଡୋଜ କମା ଯାଇଛି । ସ୍ୱାସ୍ଥ୍ୟାବସ୍ଥା ଭଲ ଆସୁଛି ।



## ଆରଟିଓ କହି ରାସ୍ତାରେ ଗାଡି ଯାଞ୍ଚ କରୁଥିଲେ, ମାଡି ବସିଲା ପୁଲିସ୍

ଭୁବନେଶ୍ୱର,୩୦ ।୩(ପି.ଏନ): ଆରଟିଓ ଅଫିସର କହି ରାସ୍ତା ପାର୍ଶ୍ୱରେ ଗାଡିର କାଗଜପତ୍ର ଯାଞ୍ଚ କରୁଥିଲେ । ଦୀର୍ଘ ଦିନ ଧରି ଏହି ବେପାର ଚ଼ଳାଇଥିଲେ । ହେଲେ ଆଜି ବେଳା ଭଲନଥିଲା । ସକାଳେ ବକ୍ରା ଖୋଜୁଥିବା ବେଳେ ପୁଲିସ୍ ହାବୁଡରେ ପଡିଥିଲେ ଦୁଇ ଫେକ୍ ଆରଟିଓ ଅଫିସର । ବାଲେଶ୍ୱର ଦେଇ ଯାଇଥିବା ୬୦ ନମ୍ବର ଜାତୀୟ ରାଜପଥ(NH)ର ଲକ୍ଷ୍ମଣ ନାଥ ଟୋଲ୍ ଗେଟ୍ ନିକଟରୁ ପୁଲିସ୍‌କୁ ଏହି ସଫଳତା ମିଳିଛି । ଜଳେଶ୍ୱର ଅଞ୍ଚଳର ତୁଷାର ରଞ୍ଜନ ପରିଡା ଓ ଝାରଖଣ୍ଡ ନନ୍ଦଦିଆ ଗାଁର ଦେବେନ୍ଦ୍ର ନାଥ ସାହୁ ୬୦ ନମ୍ବର ଜାତୀୟ ରାଜପଥ(NH)ର ଲକ୍ଷ୍ମଣ ନାଥ ଟୋଲ୍ ପ୍ଲାଜା ଓ ଆଖପାଖ ଅଞ୍ଚଳରେ ନିୟମିତ ଛିଡା ହେଉଥିଲେ । ଆଉ ସେମାନେ ନିଜକୁ ଆର୍‌ଟିଓ ଅଫିସ୍‌ର ଭାବେ ପରିଚ଼ୟ ଦେଉଥିଲେ । ସେହି ରାସ୍ତା ଦେଇ ଯିବାଆସିବା କରୁଥିବା ଗାଡିର କାଗଜପତ୍ର ଯାଞ୍ଚ କରୁଥିଲେ । ଯାହାର କାଗଜପତ୍ର ଠିକ୍ ନଥିଲା, ତା'ଠାରୁ ମୋଟା ଅଙ୍କର ଫାଇନ୍ ଆଦାୟ କରୁଥିଲେ । ଦୀର୍ଘଦିନ ଧରି ଦେବେନ୍ଦ୍ର ଓ ତୁଷାର ଏ କାରବାର କରୁଥିଲେ ।



## ହୋଲିରେ ଅଶାନ୍ତ ହେଲା ରାଜଧାନୀ; ବୁଲିଲା ଖଣ୍ଡା ଭୁଜାଲି, ଯାହାକୁ ଦେଖିଲେ ଗୋଡ଼ାଇ ହାଣିଲେ

ଭୁବନେଶ୍ୱର,୩୦ ।୩(ପି.ଏନ): ହୋଲିରେ ଅଶାନ୍ତ ହେଲା ରାଜଧାନୀର ନୟାପଲ୍ଲୀ ଗଡ଼ସାହି । ଏତେ ସୁରକ୍ଷା ସତ୍ତ୍ୱେ ମାତିଲେ ଅସାମାଜିକ ଯୁବଗୋଷ୍ଠୀ । ବୁଲାଇଲେ ଖଣ୍ଡା ଭୁଜାଲି ଆଉ କଲେ ଗୋଡେଇ ଗୋଡେଇ ଆକ୍ରମଣ । କାର ଭଙ୍ଗାରୁଜା ସହ ବାଇକ ଭାଙ୍ଗି ଖେଳାଇଲେ ଆତଙ୍କରାଜ । ଆଜି ଏହି ଅପରାଧ ଅପରାହ୍ନ ସମୟରେ ହୋଇଥିବା ବେଳେ ଏ ନେଇ ନୟାପଲ୍ଲୀ ଥାନାରେ ହୋଇଛି ୫ଟି ଅଭିଯୋଗ ରୁଜୁ । ଅଭିଯୋଗ କାରୀଙ୍କ ସୁଚ଼ନା ମୁତାବକ ଦିନ ପ୍ରାୟ ୪ଟା ସମୟରେ କଇଘ ଗ୍ୟାଙ୍ଗ ରକିଛି ଅସାମାଜିକ ଯୁବକ ଖଣ୍ଡା ଭୁଜାଲି ଧରି ନୟାପଲ୍ଲୀ ବ୍ରିଟ କଲୋନି ପଟୁ ପଶିଥିଲେ । ପରେ ନୟାପଲ୍ଲୀ ଗଡ଼ ସାହି ପରେ ଏକ ପାର୍ଟି ଅଫିସ ସାମ୍ନା ଦେଇ ଯିବା ପରେ ପୋଖରୀ ପର୍ଯ୍ୟନ୍ତ ଆତଙ୍କ ଖେଳାଇ ଚ଼ାଲିଲେ । ରାସ୍ତାରେ ଯିବା ସମୟରେ ଯାହାକୁ ପାରିଲେ ଆକ୍ରମଣ କଲେ । ଯିଏ ଅବରୋଧ କଲେ ତାକୁ ହାଣି ରକ୍ତାକ୍ତ କଲେ । ଫଳରେ ଯିଏ ଦେଖିଲେ ଘରେ ଲୁଚ଼ିଲେ ।









# ଟି ଟାଇମ୍

# ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଉ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଉ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଉ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଉ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଉ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଉ କରିଥିଲେ।

# ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

## ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଈଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଈ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବଡ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁତ୍‌ଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟୋନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍‌ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ୍ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନ କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା'ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ନ୍ତର୍ଫ୍ରି ଲଭ କମ୍ୟୁନିଟଉ' କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲ ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ବୁଦ୍ଧଂ ଶରଣଂ ଗଚ୍ଛାମି...

ମହାଭାରତୀୟ ସଂସ୍କୃତି ବିବିଧତା ମଧ୍ୟରେ ଏକତ୍ୱର ଦୃଷ୍ଟିଭଙ୍ଗୀକୁ ନେଇ ବିଶ୍ୱକୁ ଦେଇଛି ଅଭିନବ ପରିଚିତି । ବହୁଚିନ୍ତା, ବହୁ ବିଶ୍ୱାସ ଓ ଆଚରଣର ସମନ୍ୱୟ ଭିତରେ; ଭାରତୀୟ ସଂସ୍କୃତିର ମହାନତାକୁ ଅନୁଭବ କରିହୁଏ । ନୈତିକ ସଂହତି ଓ ମୂଲ୍ୟବୋଧ ପ୍ରତି ଆନୁଗତ୍ୟ; ଭାରତୀୟ ବ୍ୟକ୍ତିମାନସରେ ସାମାଜିକ ଆବଶ୍ୟକତା ଏବଂ ବ୍ୟକ୍ତିଗତ ଆକାଂକ୍ଷା ଭିତରେ ସମନ୍ୱୟ ରକ୍ଷା କରିଥାଏ । ଇତିହାସକୁ ଲକ୍ଷ୍ୟକଲେ ଦେଖାଯାଏ ଯେ, ଭାରତୀୟ ଜୀବନଧାରା ପ୍ରାଣସତ୍ତାର ବିକାଶ ଉପରେ ଗୁରୁତ୍ୱ ପ୍ରଦାନ କରିଥାଏ । ମାନବକୁ ମାଧବରେ ରୂପାନ୍ତରିତ କରିବା ଲକ୍ଷ୍ୟରେ ଅନ୍ଧାରରୁ ଆଲୋକ ଦିଗକୁ ଯାତ୍ରା ଥାଏ ଜୀବନର ଲକ୍ଷ୍ୟ ।

ବସ୍ତୁତଃ କହିବାକୁ ଗଲେ ଭାରତୀୟ ସଂସ୍କୃତିର ଆଧାର ହେଉଛି ଆଲୋକର ସନ୍ଧାନ । ଏହା କୌଣସି ଧର୍ମର ପ୍ରଚାର କରେନାହିଁ । ଭାରତୀୟତା ହେଉଛି ଏହାର ମୂଳମନ୍ତ୍ର । ଜୀବନକୁ ଶୃଙ୍ଖଳିତ କରି ଏକ ମହତ୍ତର ପଥରେ ଅବସ୍ଥାପିତ କରିବା ଏଠାରେ ବେଶ୍ ଲକ୍ଷଣୀୟ । ଏଣୁ ଭାରତୀୟ ଦର୍ଶନରେ ବେଦର ଆଧିପତ୍ୟକୁ ଅସ୍ୱୀକାର କରି ବୌଦ୍ଧ ଓ ଜୈନ ଦର୍ଶନ ଯେଭଳି ଜନାଦୃତ; ଅନୁରୂପ ଭାବରେ ସାଂଖ୍ୟ, ନ୍ୟାୟ, ବୈଶେଷିକ ଓ ଯୋଗ ସେହିପରି ପ୍ରାଧାନ୍ୟଲାଭ କରିଥାଏ । ବିଶ୍ୱକଲ୍ୟାଣ ହେଉଛି ଏହାର ମୂଳମନ୍ତ୍ର । 'ସର୍ବଜନ ହିତାୟ, ସର୍ବଜନ ସୁଖାୟ' ସତ୍ୟରେ ଏ ସଂସ୍କୃତି ବିଶ୍ୱାସ ରଖେ ।

ଏ ପରିପ୍ରେକ୍ଷୀରେ କହିରଖେ; ଯେତେବେଳେ ଧାର୍ମିକ ତଥା ସାଂସ୍କୃତିକ ଭାବଧାରାକୁ ନେଇ ବିଭିନ୍ନ ବାଦାନୁବାଦ ଓ ମତବାଦ ମୁଣ୍ଡ ଟେକି ଉଠିଥିଲା, ସେତେବେଳେ ବୌଦ୍ଧଧର୍ମ ଓ ସଂସ୍କୃତିର ଆବିର୍ଭାବ ହୋଇଥିଲା । ମସ୍କରୀ ଗୋପଳ ନାମକ ଧର୍ମଗୁରୁଙ୍କ 'ସଂସାର ବିଶୁଦ୍ଧି ମାର୍ଗ' ଠାରୁ ଆରମ୍ଭ କରି ପୂର୍ଣ୍ଣ କାଶ୍ୟପଙ୍କ 'ଅକ୍ରିୟାବାଦ', ପକୁଧ କାଚ୍ଚାୟନଙ୍କ 'ଅଶ୍ୱାଶତବାଦ', ଚାର୍ବାକ୍‌ଙ୍କ 'ବିକ୍ଷେପବାଦ' ଭଳି ଦର୍ଶନ ଆମ ସାଂସ୍କୃତିକ ପୃଷ୍ଠଭୂମିକୁ ଆଚ୍ଛନ୍ନ କରି ରଖିବା ସହ ସନାତନବାଦୀ ବ୍ରାହ୍ମଣ ପଣ୍ଡିତମାନଙ୍କ ବୈଦିକ ପରମ୍ପରା ମାନବ ସମାଜକୁ ଜଟିଳତର କରି ରଖିଥିଲା । ଏସବୁ ଧର୍ମ ଓ ମତବାଦ ପରସ୍ପର ବିରୋଧି ଥିଲେ ହେଁ; ପ୍ରତ୍ୟେକ ଆର୍ଯ୍ୟ ପରମ୍ପରାଭିତ୍ତିକ ବୋଲି ଯୁକ୍ତ ବାଢ଼ିବା ଫଳରେ ଏକ ସାଂସ୍କୃତିକ ସଂକଟର ସମୟ ଆସି ଉପନୀତ ହୋଇଥିଲା । ଏଭଳି ଏକ ସଂକଟର ସନ୍ଧିକ୍ଷଣରେ ଗୌତମବୁଦ୍ଧଙ୍କର ଆର୍ବିଭାବ ।



ଏ ପରିପ୍ରେକ୍ଷୀରେ କହିରଖେ, ସେ ସମୟରେ ଭାରତବର୍ଷରେ ପ୍ରଚଳିତ ସଂସ୍କୃତ ଭାଷା ଜନସାଧାରଣଙ୍କ ଭାଷା ନଥିଲା । ସଂସ୍କୃତ ଭାଷାକୁ ସାଧାରଣ ଲୋକଙ୍କ ସ୍ତରକୁ ଆଣିବା ନିମନ୍ତେ ଆର୍ଯ୍ୟ ପଣ୍ଡିତମାନେ ମଧ୍ୟ ତତ୍ପର ନଥିଲେ । ତେଣୁ ଲୋକମୁଖରେ କଥିତ ପ୍ରାକୃତ ଭାଷା ଏଠାରେ ପ୍ରଚଳିତ ଥିଲା । ଗୌତମ ବୁଦ୍ଧ ମଧ୍ୟ ପ୍ରାକୃତ ଭାଷାକୁ ଧର୍ମପ୍ରଚାରର ମାଧ୍ୟମ ଭାବରେ ଗ୍ରହଣ କରିଥିଲେ । ଫଳସ୍ୱରୂପ ଗୌତମ ବୁଦ୍ଧଙ୍କ ଲବ୍‌ଧ ସତ୍ୟ ଲୋକାନୁଭବର ସ୍ତରକୁ ଆସି ପାରିଥିଲା । କ୍ରମେ ଗୌତମ ବୁଦ୍ଧ ପ୍ରତିଷ୍ଠିତ ହେଲେ । ପ୍ରାକୃତ ଭାଷା ମଧ୍ୟ ପ୍ରତିଷ୍ଠିତ ହେବା ସହ ବୁଦ୍ଧଙ୍କ ପ୍ରଚାରିତ ଧର୍ମ ମଧ୍ୟ ରାଜଧର୍ମ ହେବାକୁ ଆରମ୍ଭ କରିଥିଲା । ଅଙ୍ଗୁଳିମାଳା ଦସ୍ୟୁ, ଶାକ୍ୟ ରାଜପରିବାରର ନାପିତ ଉପାଳି, ବୈଶାଳୀର ଜନପଦ-ବଧୂ, ନର୍ତ୍ତକୀ ଅମ୍ବାପାଳି, ସମ୍ରାଟ ପ୍ରସେନଜିତ ଓ ବିମ୍ବିସାର ଆଦି ସମସ୍ତେ ଏ ଧର୍ମ କୋଳରେ ଆଶ୍ରୟ ନେଇଥିଲେ ।

ବହୁ ଧର୍ମରେ ପ୍ରଚଳିତ ଥିବା ଜଟିଳ ତତ୍ତ୍ୱରୁ ବୁଦ୍ଧ ଚାରୋଟି ସତ୍ୟ ଆବିଷ୍କାର କରିଥିଲେ । ଯଥା- (୧) ଦୁଃଖ ସତ୍ୟ (୨) ଏହାର କାରଣ ସତ୍ୟ (୩) ଏହାର ନିରୋଧ ହୋଇପାରିବା କଥାଟା ସତ୍ୟ (୪) ଏହି ଦୁଃଖ-ନିରୋଧର ଉପାୟ ମଧ୍ୟ ସତ୍ୟ ।

ଏଠି ପ୍ରଶ୍ନ ଉଠେ ଦୁଃଖ ପୁଣି କ'ଣ ? ଏହାର ମଧ୍ୟ ଉତ୍ତର ଦେବାକୁ ଯାଇ ଗୌତମ ବୁଦ୍ଧ ଉଲ୍ଲେଖ କରିଛନ୍ତି- ସଂସାର ସହିତ ସମ୍ପର୍କରୁ ଦୁଃଖର ଜାତ । ଯଥା- ଜନ୍ମ, ବୃଦ୍ଧାବସ୍ଥା, ରୁଗ୍ଣାବସ୍ଥା, ମୃତ୍ୟୁ, ଇପ୍‌ସିତ ବସ୍ତୁଟିର ଅପ୍ରାପ୍ତି । କାରଣ ଇନ୍ଦ୍ରିୟ ଜନିତ ସୁଖର ବସ୍ତୁଟି ଅପସରି ଗଲେ ଦୁଃଖ ଆସିଥାଏ । ବୁଦ୍ଧଙ୍କ ମତରେ - ଜୀବନ ପ୍ରତି ଅତ୍ୟଧିକ ମୋହ ମଣିଷକୁ ସଂସାର ପ୍ରତି ଆକୃଷ୍ଟ କରାଏ । ତେଣୁ ସେ ବାରମ୍ବାର ଏ ସଂସାରରେ ଜନ୍ମ ନେଇ ଦୁଃଖ ଭୋଗ କରିଥାଏ । ଅତଏବ ଦୁଃଖ ହେଉଛି- ମଣିଷର ନିଜର ସୃଷ୍ଟ କାମନା ଓ ବାସନାରୁ ସମ୍ଭୁତ । ଏହାର ବିନାଶରେ ଦୁଃଖର ବିନାଶ । ଏହି କାମନା ଓ ବାସନାର ବିନାଶ ଲାଗି ଗୌତମ ବୁଦ୍ଧ ଏକ ପନ୍ଥା ଦେଖାଇଥିଲେ । ଯାହା ଅଷ୍ଟାଙ୍ଗ ମାର୍ଗ ଭାବେ ପ୍ରସିଦ୍ଧ । ଏଥିରେ ସମ୍ୟକ ଦର୍ଶନ, ଉତ୍ତମ ଅଭୀପ୍‌ସା, ଉତ୍ତମ କଥା, ଉତ୍ତମ ସ୍ୱଭାବ, ଉତ୍ତମ ମାର୍ଗ, ଉତ୍ତମ କର୍ମ, ଉତ୍ତମ ଚିନ୍ତା, ଉତ୍ତମ ସମାଧିସ୍ଥ ଆନନ୍ଦ ଲାଭ କରିବାକୁ ହୋଇଥାଏ ।

ଏହି ଅଷ୍ଟାଙ୍ଗ ମାର୍ଗରେ ଗତି କଲେ ସତ୍ୟର ସନ୍ଧାନ ପାଇବା ସହ ଦୁଃଖକୁ ଚିହ୍ନଟ କରି ସେଥିରୁ ମୁକ୍ତି ପାଇବାର ପଥ ପରିଷ୍କାର ହେବ । ଏହି ମୁକ୍ତି ହିଁ ହେଉଛି ନିର୍ବାଣ । ଏହି ନିର୍ବାଣ ପାଇବାକୁ ବୁଦ୍ଧ ଚାରିଗୋଟି ମାର୍ଗ ଦର୍ଶାଇଥିଲେ । ଯଥା- ୧. ସୋତାପତ୍ତିମାଗ୍‌ଗ, ୨. ସକଦାଗାମି ମାଗ୍‌ଗ, ୩. ଅନାଗାମି ମାଗ୍‌ଗ, ୪. ଅର୍ହତ ମାଗ୍‌ଗ । ଅର୍ଥାତ୍ ଯେଉଁ ବ୍ୟକ୍ତି ବୁଦ୍ଧଙ୍କ ବାଣୀ ଓ ଅନୁଶାସନକୁ ଶ୍ରଦ୍ଧା ଓ ଭକ୍ତିର ସହିତ ଗ୍ରହଣ କରନ୍ତି; ସେମାନେ ହେଲେ ସୋତାପତ୍ତି ମାଗ୍‌ଗ । ଯେଉଁମାନେ ସକଦାଗାମି ମାଗ୍‌ଗର ଅନୁବର୍ତ୍ତୀ ସେମାନଙ୍କୁ ଅତି କମ୍‌ରେ ସାତଥର ଜନ୍ମଗ୍ରହଣ ପରେ ନିର୍ବାଣ ମିଳିଥାଏ । ଅନାଗାମି ମାଗ୍‌ଗ ଅନୁବର୍ତ୍ତୀ ବ୍ୟକ୍ତିଙ୍କୁ ଆଉ ଏ କାମ, କ୍ରୋଧମୟ ସଂସାରକୁ ଆସିବାକୁ ପଡ଼ିନଥାଏ । ଅର୍ହତମାଗ୍‌ଗ ହେଉଛି ସର୍ବଶ୍ରେଷ୍ଠ । ସେମାନଙ୍କ ସକଳ କାମନାର ବିନାଶ ଘଟିଥାଏ । ସେମାନେ ଦେହତ୍ୟାଗ ପରେ ନିର୍ବାଣ ଲାଭ କରିଥାନ୍ତି ।

ଏ ପରିପ୍ରେକ୍ଷୀରେ କହିରଖେ କୌଣସି ଏକ ନିର୍ଦ୍ଦିଷ୍ଟ ପନ୍ଥା ଗ୍ରହଣ କରିବାକୁ ବାଧ୍ୟବାଧକତା ନଥିଲା । ଯାହାକୁ ଯେଉଁ ପନ୍ଥା ସୁବିଧା ହେଲା ସେ ନିର୍ବାଣ ନିମନ୍ତେ ସେହି ପନ୍ଥା ଚୟନ କରିପାରୁଥିଲା । ଫଳତଃ ଏହି ଧର୍ମ ବାସ୍ତବବାଦୀ ଦୃଷ୍ଟିକୋଣ ଯୋଗୁଁ ଅଳ୍ପ ସମୟ ଭିତରେ ଜନପ୍ରିୟ ଧର୍ମର ମାନ୍ୟତା ଲାଭ କରିପାରିଥିଲା । ଏହି ଧର୍ମ ବା ବୌଦ୍ଧ ସଂସ୍କୃତିର ଭିତ୍ତି ଥିଲା- ବୁଦ୍ଧ, ଧର୍ମ ଓ ସଂଘ । ଏହାକୁ ତ୍ରିରତ୍ନ ବୋଲି କୁହାଯାଏ । ପ୍ରତ୍ୟେକ ଉପାସକଙ୍କୁ ଏହି ତିନୋଟିର ଶରଣ ନେବାକୁ ହୋଇଥାଏ । ସେମାନେ କହିଥାନ୍ତି- "ବୁଦ୍ଧଂ ଶରଣଂ ଗଚ୍ଛାମି, ଧର୍ମଂ ଶରଣଂ ଗଚ୍ଛାମି, ସଂଘଂ ଶରଣଂ ଗଚ୍ଛାମି ।"

ଖୁବ୍ ଲୋକପ୍ରିୟତା ହାସଲ କରିଥିବା ବୌଦ୍ଧଧର୍ମର ଶୃଙ୍ଖଳାରେ ଅବକ୍ଷୟ ବିଶେଷକରି ବୁଦ୍ଧଙ୍କ ମୃତ୍ୟୁ ପରେ ପରିଲକ୍ଷିତ ହୋଇଥିଲା । ସଂଘ ମଧ୍ୟରେ ବିଭାଜନର ସୂତ୍ରପାତ ଘଟିଥିଲା । ଶେଷରେ ବୌଦ୍ଧମାନେ ଥେରବାଦୀ ଓ ମହାସାଙ୍ଘିକ ଭାବେ ଦୁଇଟି ଗୋଷ୍ଠୀ ହୋଇଗଲେ । ପରବର୍ତ୍ତୀ ପର୍ଯ୍ୟାୟରେ ବୌଦ୍ଧଧର୍ମର ବିଧିବଦ୍ଧ ଭାବେ ହୀନଯାନ ଓ ମହାଯାନ ନାମକ ଦୁଇ ଗୋଷ୍ଠୀ ଗଢ଼ି ଉଠିଥିଲା । ଶେଷରେ ଏତିକି କହିଲେ ଯଥେଷ୍ଟ ହେବ, ବିଶ୍ୱ କଲ୍ୟାଣ ହିଁ ଥିଲା ଏହି ବୌଦ୍ଧ ସଂସ୍କୃତିର ମୂଳମନ୍ତ୍ର । 'ସର୍ବଜନ ହିତାୟ, ସର୍ବଜନ ସୁଖାୟ' ସତ୍ୟରେ ଏ ସଂସ୍କୃତି ବିଶ୍ୱାସ ରଖିଥିଲା ।

# ବୁଦ୍ଧାନୁକୂଳଂ ଶରଣଂ ଗଚ୍ଛାମି...



ପରମ ପୁରୁଷ ଯୁଗାବତାର କଲ୍‌କୀ ବିଗ୍ରହ ପୁରୁଷୋତ୍ତମ ଭଗବାନ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ନିଶ୍ଚୟାତ୍ମକ ଭଙ୍ଗୀରେ ପ୍ରକାଶ କଲେ- ଭଗବାନ ବୁଦ୍ଧ ଓ ଭଗବାନ ହଜରତ୍ ମହମ୍ମଦ ଇତ୍ୟାଦିଙ୍କ ବିରୁଦ୍ଧରେ ଯେଉଁ ଅପବାଦ ଚାଲୁଛି ତାହାର ନିରାକରଣ କରିବାକୁ ହେବ । ଭଗବାନ ବୁଦ୍ଧ ବର୍ଣ୍ଣଧର୍ମ ସ୍ୱୀକାର କରୁଥିଲେ, ଆର୍ଯ୍ୟସତ୍ୟ - ଆର୍ଯ୍ୟସତ୍ୟ ବୋଲି ବାରମ୍ବାର କହୁଥିଲେ, ଆର୍ଯ୍ୟକୃଷ୍ଟି ଉପରେ ଭଗବାନ ବୁଦ୍ଧଙ୍କର ସବୁକିଛି ଭିତ୍ତି । ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ଆନନ୍ଦ ସହକାରେ ପ୍ରକାଶ କଲେ - ଧର୍ମଯାଜକ (ଋତ୍ୱିକ୍) ଉପଗୁପ୍ତଙ୍କର ଏକ ଭଜନର ତାନରେ ସମ୍ରାଟ ଅଶୋକଙ୍କର ଅନ୍ତରସ୍ଥଳ ଜାଗି ଉଠିଥିଲା । ଉପଗୁପ୍ତଙ୍କ ମାଧ୍ୟମରେ ସମ୍ରାଟ ଅଶୋକ ଭଗବାନ ବୁଦ୍ଧଙ୍କୁ ଉପଲବ୍ଧି କରିଥିଲେ । ବୈଶିଷ୍ଟ୍ୟ ପାଳୀ ଆପୂରୟମାଣ ଧର୍ମପ୍ରବର୍ତ୍ତକଗଣ ସମସ୍ତେ ଏକବାର୍ତ୍ତାବାହୀ ଓ ଏକସତ୍ତାବାହୀ । ବୌଦ୍ଧମତ ଓ ହିନ୍ଦୁମତରେ ପାର୍ଥକ୍ୟ ବହୁତ କମ୍ । କୁଳମାଲିକ ଭଗବାନ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ପ୍ରକାଶ କଲେ-ମୁଁ ଶୁଣିଛି ଭଗବାନ ବୁଦ୍ଧ ପ୍ରକାରାନ୍ତରେ ବର୍ଣ୍ଣାଶ୍ରମକୁ ସମର୍ଥନ କରୁଥିଲେ । ଭଗବାନ ବୁଦ୍ଧ ଗୃହୀମାନଙ୍କ ପାଇଁ ଗୃହୀ ଉପଯୋଗୀ ନିର୍ଦ୍ଦେଶ ଦେଇଛନ୍ତି । ପୁଣି ଭିକ୍ଷୁକ ବା ସନ୍ନ୍ୟାସୀମାନଙ୍କ ନିମିତ୍ତ ସନ୍ନ୍ୟାସୀ ଉପଯୋଗୀ ନିର୍ଦ୍ଦେଶ ଦେଇଛନ୍ତି । ଗୃହୀମାନଙ୍କର ବିବାହ, ଚାଲିଚଳନ ସମ୍ବନ୍ଧରେ ଯେଉଁସବୁ ନିର୍ଦ୍ଦେଶ ଦେଇଛନ୍ତି ତାହା ସଙ୍ଗେ ବର୍ଣ୍ଣାଶ୍ରମର କୌଣସି ବିରୋଧ ନାହିଁ । ବର୍ଣ୍ଣାଶ୍ରମ ହେଉଛି ଏକ ବିଜ୍ଞାନଭିତ୍ତିକ ସମାଜ ବିଧାନ ।

ଅବତାର ପୁରୁଷମାନେ ସର୍ବଦା ନିଜ ପ୍ରତି ନିଷ୍ଠୁର କାରଣ ସେମାନେ ସର୍ବଦା ପରିବେଶର ପ୍ରତିପ୍ରତ୍ୟେକଙ୍କର ମଙ୍ଗଳ ସାଧନରେ ବ୍ୟସ୍ତ, ଅବଶ୍ୟ ମଙ୍ଗଳ ନିମିତ୍ତ ନିଜକୁ ସର୍ବସ୍ୱ ଦେବାପାଇଁ ସେମାନେ ଜଗତକୁ ଆସନ୍ତି, ନିଜ ପ୍ରତି ଚାହିଁବାର ଅବକାଶ ସେମାନଙ୍କ ପାଖରେ ନଥାଏ । ଏହିପରି ଅବସ୍ଥାରେ ପରିବେଶ ସେମାନଙ୍କ ପ୍ରତି ପ୍ରୀତିପରାୟଣ ହେଲେ ସେମାନେ ସ୍ୱସ୍ତି ଓ ଶାନ୍ତିରେ ରହିପାରନ୍ତି । ମହାପ୍ରଭୁ ବୁଦ୍ଧଦେବ କହିଥିଲେ - ଅହିଂସା ପରମ ଧର୍ମ । ଏ କଥାର ତାତ୍ପର୍ଯ୍ୟ ବୁଝାଇବାକୁ ଯାଇ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ପ୍ରକାଶ କଲେ - ଅହିଂସା ଯେଉଁଠାରେ ସପରିବେଶ ସତ୍ତାସମ୍ବର୍ଦ୍ଧନାକୁ ସର୍ବତୋ ଭାବରେ ପୁଷ୍ଟକରି ସାର୍ଥକ ହୋଇଉଠେ, ତାହା ଯେ ପରମ ଧର୍ମ ଏ ବିଷୟରେ କୌଣସି ସନ୍ଦେହ ନାହିଁ । ସତ୍ତାକୁ ହତ୍ୟା ବା କ୍ଷୁର୍ଣ୍ଣ ନକରିବା ଯଦି ପରମ ଧର୍ମ ହୁଏ ତେବେ ସତ୍ତା ହତ୍ୟାକାରୀ ଯାହା ତାହାକୁ ବିହିତ ଭାବରେ ନିରୋଧ କରିବା ମଧ୍ୟ ପରମ ଧର୍ମର ଅଙ୍ଗୀଭୂତ । ଆମ୍ଭେମାନେ ଜୀବନପ୍ରେମୀ ହେଲେ ମୃତ୍ୟୁ ବିରୁଦ୍ଧରେ ଚିରକାଳ ସଂଗ୍ରାମ କରିବାକୁ ହେବ । ମହାପ୍ରଭୁ ଯେତେବେଳେ ସଶରୀରରେ ରହି ଏହି ମର୍ତ୍ତ୍ୟଧାମରେ ଲୀଳାଖେଳ କରନ୍ତି ତାଙ୍କର କଥାବାର୍ତ୍ତା ଚଳନ ଓ ଭଙ୍ଗୀରେ ସମସ୍ତଙ୍କୁ ସତ୍ତାପ୍ରେମୀ ଓ ଆତ୍ମାଭିମୁଖୀ କରିଉଠାନ୍ତି । ପ୍ରଭୁ କରୁଣା ପରବଶ ହୋଇ ମାନବ ଜନ୍ମ ଗ୍ରହଣ କରନ୍ତି ଓ ଆମ୍ଭମାନଙ୍କର ମଙ୍ଗଳ ନିମିତ୍ତ ବହୁତ କଷ୍ଟ ସହ୍ୟ କରନ୍ତି । ସମସ୍ତଙ୍କୁ କାଳର ହାତରୁ ଉଦ୍ଧାର କରିବା ପାଇଁ ସେ କାଳାଧୀଶ ହୁଅନ୍ତି । ଦଶାବତାର ମଧ୍ୟରେ ମହାପ୍ରଭୁ ବୁଦ୍ଧ ଜଣେ । ମନୁଷ୍ୟର ଅନ୍ତରରେ ସବୁ ସମୟ ଏକ ଫାଙ୍କା ଫାଙ୍କା ଭାବ ଲାଗି ରହେ ଓ ତାହା ପୂର୍ଣ୍ଣ ହୁଏ ଯେତେବେଳେ ମନୁଷ୍ୟର ଅନୁରାଗ ଶ୍ରେୟ ନିବଦ୍ଧ ହୁଏ । ସେ ଅନୁରାଗ ହେବା ଉଚିତ ଅଚ୍ୟୁତ, ଦୁଃଖ-କଷ୍ଟ, ଦୈନ୍ୟ-ରୋଗ, ଶୋକ-ଆନନ୍ଦ ଇତ୍ୟାଦି ଦ୍ୱାରା ଅନୁରାଗ ଛିନ୍ନ ହୁଏନାହିଁ । ମନୁଷ୍ୟ ଜୀବନର ଯେତେକିଛି ପ୍ରଚେଷ୍ଟା ଏହି ଶୂନ୍ୟକୁ ପୂର୍ଣ୍ଣ କରିବା ପାଇଁ ଓ ପ୍ରେଷ୍ଠାନୁରାଗ ବ୍ୟତୀତ ଏହି ଶୂନ୍ୟ କେବେ ପୂର୍ଣ୍ଣ ହୁଏନାହିଁ । ମହାପ୍ରଭୁ ବୁଦ୍ଧଦେବ ସେଥିପାଇଁ ସବୁବେଳେ ନିର୍ବାଣ କଥା କହୁଥିଲେ । ମହାପ୍ରଭୁ ଶ୍ରୀକୃଷ୍ଣ, ଶ୍ରୀଚୈତନ୍ୟଦେବ ଓ ଶ୍ରୀରାମକୃଷ୍ଣ ପରମହଂସ ଇତ୍ୟାଦି ମହାପୁରୁଷଙ୍କ ଜୀବନରେ ଏହି ଶୂନ୍ୟତା ହିଁ ସେମାନଙ୍କୁ ଭଗବାନ କରିତୋଳିଥିଲା । ବୌଦ୍ଧଗ୍ରନ୍ଥରେ ଅଛି ସ୍ୱବନ୍ଧନ ଛିନ୍ନ କରିବାର ପ୍ରଥା ଏହି ପ୍ରସଙ୍ଗରେ ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ପ୍ରକାଶ କଲେ - ସ୍ୱବନ୍ଧନ ଖଣ୍ଡନର ସହଜତମ ପନ୍ଥା ହେଲା ସକ୍ରିୟ, ସେବାଯୁକ୍ତ, ଇଷ୍ଟଙ୍କ ଉପରେ ଅଚ୍ୟୁତ ଅନୁରାଗ । ପ୍ରଭୁଙ୍କ ଉପରେ ଅଗୁରାଗ ଥିବା ଯୋଗୁଁ ବୃତ୍ତି ଗୁଡ଼ିକ ମନକୁ ନିମ୍ନମୁଖୀ କରିପାରନ୍ତି ନାହିଁ । ପୃଥିବୀରେ ଯେତେ ମହାପୁରୁଷଙ୍କର ବାଦ ଅଛି - ସେ ସବୁ ହିଁ ଏକ ଓ ତାହାହେଲା ଏକନିଷ୍ଠ, ସାତ୍ୱତ, କର୍ମବାଦ ଏଥିରେ ବ୍ୟଷ୍ଟି ଓ ପରିବେଶ ଇଷ୍ଟଙ୍କୁ କେନ୍ଦ୍ର କରି ସଂହତ, ସଂଯତ ଓ ସମ୍ବର୍ଦ୍ଧିତ ହୋଇଉଠନ୍ତି । ସେଥିପାଇଁ ବୁଦ୍ଧଦେବଙ୍କର ତ୍ରିଶରଣ ମନ୍ତ୍ରରେ ଅଛି - ବୁଦ୍ଧଂ ଶରଣଂ ଗଚ୍ଛାମି, ଧର୍ମଂ ଶରଣଂ ଗଚ୍ଛାମି ଓ ସଂଘଂ ଶରଣଂ ଗଚ୍ଛାମି । ବୌଦ୍ଧଧର୍ମ ଅତ୍ୟନ୍ତ ବାସ୍ତବଭିତ୍ତିକ । ପ୍ରେରିତ ପୁରୁଷମାନେ ଯେଭଳି ସମୀଚୀନ ମନେକରନ୍ତି ସେହିଭଳି ଭାବରେ ଯୁଗର ପ୍ରୟୋଜନ ପୂରଣ କରନ୍ତି । ଅବତାରମାନେ ହିଁ ହେଉଛନ୍ତି ଈଶ୍ୱରଙ୍କର ପ୍ରେରିତ ଓ ଆଦିଷ୍ଟ ପୁରୁଷ । ଯୁଗ ପ୍ରୟୋଜନ ଅନୁଯାୟୀ ସେମାନେ ଆର୍ବିଭାବ ହୁଅନ୍ତି ଓ ବିଶ୍ୱଜନୀନ ନୀତି ସହିତ ଯୋଗସୂତ୍ର ରକ୍ଷା କରି ଲୀଳାଖେଳ କରନ୍ତି । ମହାପ୍ରଭୁ ବୁଦ୍ଧଦେବ ଯେତେବେଳେ ଆସିଥିଲେ ସେତେବେଳେ ଦେବତାଙ୍କ ପାଖରେ ନୃଶଂସ ଭାବେ ଜୀବବଳି ପ୍ରଥା ପ୍ରଚଳିତ ଥିଲା । ମନୁଷ୍ୟ ବଳି ମଧ୍ୟ ଚାଲୁଥିଲା । ସେଥିପାଇଁ ମହାପ୍ରଭୁ ବୁଦ୍ଧ ପ୍ରଥମ ଆହ୍ୱାନ ଦେଲେ- ଜୀବ ହିଂସା କରନାହିଁ, ଜୀବନ ନାଶ କରନାହିଁ । ଯୁଗପୁରୁଷ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ସୁଧାଝରା କଣ୍ଠରେ କହିଲେ- ମହାପ୍ରଭୁ ବୁଦ୍ଧଦେବ ଚାହୁଁଥିଲେ- ତୃଷ୍ଣାର ଏକାନ୍ତ ନିର୍ବାଣ । ମହାପ୍ରଭୁ ଶ୍ରୀଚୈତନ୍ୟଦେବ ମଧ୍ୟ କହୁଥିଲେ - ମୁଁ ତୃଷ୍ଣା ବୁଝେନାହିଁ, ମୋର ତୃଷ୍ଣା ରହୁ ବା ଯାଉ, ମୁଁ ପ୍ରଭୁ ଶ୍ରୀକୃଷ୍ଣଙ୍କୁ ଚାହେଁ । ପ୍ରଭୁ ଶ୍ରୀକୃଷ୍ଣ ହିଁ ମୋର ଏକମାତ୍ର ତୃଷ୍ଣା । ଏହି ଦୁଇ ଭାବ ହିଁ ମୂଳତଃ ଏକ । ମହାପ୍ରଭୁ ଶ୍ରୀଚୈତନ୍ୟଦେବଙ୍କର ଭାବଟା ହିଁ ତୃଷ୍ଣା ନିର୍ବାଣର ସହଜତମ ପନ୍ଥା । ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଆନନ୍ଦ ସହକାରେ ପ୍ରକାଶ କଲେ - ଆଜି ବୁଦ୍ଧ ପୂର୍ଣ୍ଣିମା, ଏକ ମହାପୁଣ୍ୟ ତିଥି । ଏହି ତିଥିର ତାତ୍ପର୍ଯ୍ୟ ସ୍ମରଣ କରି ଯଦି ଭଗବାନ ବୁଦ୍ଧଦେବଙ୍କର ଆଲୋକରେ ଆଜି ଦିନରେ ନିଜର ଇଷ୍ଟ ଦେବତା ବା ଗୁରୁଙ୍କ ସମ୍ବନ୍ଧରେ ଗଭୀର ଭାବେ ଜପ, ତପ, ଧ୍ୟାନ, ଭଜନ ଓ ସ୍ୱାଧ୍ୟାୟ ପାଳନ କରାଯାଏ ତେବେ ଏହା ଭିତର ଦେଇ ଈଶ୍ୱରଙ୍କର ଅନେକ ଆଶିଷ ମିଳେ । ମହାପ୍ରଭୁ ବୁଦ୍ଧଦେବ କ୍ଷତ୍ରିୟ ଥିଲେ ଓ ଅହିଂସାର ପଥକୁ ଆଦରି ନେଲେ । ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ବ୍ୟକ୍ତକଲେ, ଶୁଣିଛି-ଭକ୍ତ ଆନନ୍ଦ ମହାପ୍ରଭୁ ବୁଦ୍ଧଦେବଙ୍କ ସହିତ କେତେଗୁଡ଼ିକ ସର୍ତ୍ତ କରିଥିଲେ ସେଥିପାଇଁ ସେ ଅର୍ହ ପର୍ଯ୍ୟାୟରେ ଉନ୍ନୀତ ହୋଇପାରି ନଥିଲେ । ଭଗବାନ ବା ଇଷ୍ଟଙ୍କ ପାଖରେ ଆମେ ଯେତେବେଳେ ଆତ୍ମୋତ୍ସର୍ଗ କରୁ ସେତେବେଳେ ଯଦି ନିଜସ୍ୱ ସର୍ତ୍ତ ରଖାଯାଏ ତାହା ଆତ୍ମବିକାଶର ପଥରେ ବାଧା ଦିଏ । ଇଷ୍ଟ ବା ଗୁରୁଙ୍କର ଇଚ୍ଛା ପୂରଣ ବ୍ୟତୀତ କୌଣସି ବ୍ୟକ୍ତିଗତ ପ୍ରତ୍ୟାଶା ଥିଲେ ଆତ୍ମୋନ୍ନତି ପଥରେ ଅନ୍ତରାୟ ହୁଏ । ଭକ୍ତ କଶ୍ୟପ, ସାରୀପୁତ୍ର ଓ ମୌଦଗଲ୍ଲାୟନ ଇତ୍ୟାଦି ଭକ୍ତମାନେ ଅର୍ହ ପର୍ଯ୍ୟାୟରେ ଉନ୍ନୀତ ହୋଇଥିଲେ । ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ବ୍ୟକ୍ତକଲେ, ମୋର ମନେହୁଏ ଶ୍ରମଣ, ଜ୍ୟୋତି, ସନ୍ନ୍ୟାସୀ ଇତ୍ୟାଦି ଭକ୍ତମାନଙ୍କର ସମ୍ପଦ ହିଁ ତାଙ୍କର ଚରିତ୍ର, ତାଙ୍କର ଜୀବନ ଓ ତାଙ୍କ ତପସ୍ୟା । ଏହି ଚରିତ୍ର ଭିତରେ ହିଁ ଜାତିର ପ୍ରକୃତ ଉନ୍ନତି ଘଟେ । ବୌଦ୍ଧ ମତବାଦ ମଧ୍ୟରେ ଉପନିଷଦର କଥା ଅନେକ ଅଛି ।

# ସଡ଼କରେ ମୁଣ୍ଡ ନେଉଛି ମୋବାଇଲ !

ଆଜିର ସମୟକୁ ଦେଖିଲେ ଲାଗୁଛି ଯେପରି ମୋବାଇଲ ହେଉଛି ଜୀବନର ମୁଖ୍ୟ ଅବଲମ୍ବନ । ରାସ୍ତାରେ ଚାଲିକି ଯାଉଥିବା ଲୋକ ହୁଅନ୍ତୁ ବା ସାଇକେଲ ଆରୋହୀ, ତେବେ ଉଦ୍‌ବେଗଜନକ ଘଟଣା ହେଉଛି ବାଇକ ହେଉ ବା କାର, ବସ ହେଉ ବା ଟ୍ରକ ମୋବାଇଲ ବ୍ୟବହାର କରି ଗାଡ଼ି ଚାଳନା ଯାହାପାଇଁ ଦୁଃଖଦ ଘଟଣାକ୍ରମରେ ଅଭାବନୀୟ ଗାଡ଼ି ଦୁର୍ଘଟଣା ସଡ଼କକୁ ରକ୍ତାକ୍ତ କରିଦେଉଛି । ଆଖି ପିଛୁଳାକେ କେବଳ ଗାଡ଼ି ଆରୋହୀର ଜୀବନ ଯାଉନି ତାଙ୍କ ପାଇଁ ଅନ୍ୟ ମାନଙ୍କ ଧନଜୀବନ ଅକାଳରେ ଚଢ଼କ ସଦୃଶ । ଗାଡ଼ି ଚଳାଇବା ସମୟରେ ଫୋନ ବ୍ୟବହାର ଅତି ବିପଜ୍ଜନକ । ଆଖି ପିଛୁଳାକେ ଜୀବନ ଯିବାର ଭୟ ଅଛି । ଅତି ଜରୁରୀ ଥିଲେ ଗାଡ଼ି ରଖିବା ପରେ ଫୋନ ବ୍ୟବହାର କରିବାକୁ ପୁଲିସ ଓ ପରିବହନ ବିଭାଗ ପରାମର୍ଶ ଦେଉଛି । ଏଥିପାଇଁ ଛକ ଛକରେ ସତର୍କତାମୂଳକ ବାର୍ତ୍ତା ଲେଖା ଯାଇଛି । ଏହା ସତ୍ତ୍ୱେ ଗାଡ଼ି ଚଳାଇବା ବେଳେ ମୋବାଇଲ ବ୍ୟବହାର କରିବା ଲୋକମାନେ ଛାଡୁନାହାନ୍ତି । ପରିଣାମ ସ୍ୱରୂପ ଶତାଧିକ ଲୋକଙ୍କ ଜୀବନ ଅକାଳରେ ଚାଲି ଯାଉଛି । ଯେତିକି ଲୋକ ପ୍ରାଣ ହରାଉଛନ୍ତି ତା ଠାରୁ ଅଧିକ ଲୋକ ଗୁରୁତର ଆହତ ହେଉଛନ୍ତି । ଅନେକ ଆହତ ବ୍ୟକ୍ତି ସାରା ଜୀବନ ପାଇଁ ଅକର୍ମଣ୍ୟ ହୋଇଯାଉଛନ୍ତି । ପରିବହନ ବିଭାଗ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ୨୦୨୧ରେ କେବଳ ଗାଡ଼ି ଚଳାଇବା ସମୟରେ ମୋବାଇଲ ଫୋନ ବ୍ୟବହାର କରିଥିବା ଯୋଗୁଁ ୩୫୨ଟି ସଡ଼କ ଦୁର୍ଘଟଣା ଘଟିଛି ଏବଂ ଏଥିରେ ୧୨୬ ଜଣ ପ୍ରାଣ ହରାଇଛନ୍ତି । ସେହିପରି ୩୫୫ ଜଣ ଗୁରୁତର ଆହତ ହୋଇଛନ୍ତି ।

ଗାଡ଼ି ଚଳାଇବା ସମୟରେ ମୋବାଇଲ ଫୋନ ବ୍ୟବହାରକୁ ରୋକିବା ପାଇଁ ସୁପ୍ରିମ କୋର୍ଟଙ୍କ ସଡ଼କ ସୁରକ୍ଷା କମିଟି ବାରମ୍ବାର ନିର୍ଦ୍ଦେଶ ଦେଇଛନ୍ତି । ୨୦୨୦ରେ ମୋବାଇଲ ଫୋନ ବ୍ୟବହାର ପାଇଁ ୨୯୭ ସଡ଼କ ଦୁର୍ଘଟଣା ଘଟିଥିଲା । ସେଥିରେ ୧୨୦ ଜଣ ପ୍ରାଣ ହରାଇଥିଲେ । ଓଡ଼ିଶାରେ ସମୁଦାୟ ୯୦% ସଡ଼କ ଦୁର୍ଘଟଣା ବେପରୁଆ ପ୍ରକୃତି ପାଇଁ ଘଟୁଛି । ୨୦୧୭ ବେଳକୁ ମୋବାଇଲ ଫୋନ ବ୍ୟବହାର ପାଇଁ ସଡ଼କ ଦୁର୍ଘଟଣାରେ ଓଡ଼ିଶା ସର୍ବଭାରତୀୟସ୍ତରରେ ତୃତୀୟ ସ୍ଥାନରେ ଥିଲା । ୨୦୧୬ ଏପ୍ରିଲ ୧୭ ତାରିଖରେ ଦେବଗଡ଼ ଜିଲ୍ଲାରେ ଏକ ବସ ଦୁର୍ଘଟଣାରେ ଏକ ଅପେରା ପାର୍ଟିର ୨୭ଜଣ କଳାକାର ପ୍ରାଣ ହରାଇଥିଲେ । ସେହିବର୍ଷ ସେପ୍ଟେମ୍ବର ୯ ତାରିଖରେ ଅନୁଗୁଳର ଆଠମଲ୍ଲିକ ଠାରେ ଗୋଟିଏ ବସ ପୋଲ ତଳକୁ ଖସି ପଡ଼ିବାରୁ ୧୯ଜଣ ଯାତ୍ରୀ ପ୍ରାଣ ହରାଇଥିଲେ । ଉଭୟ ମାମଲାରେ ବସ ଚାଳକ ଗାଡ଼ି ଚାଳକ ମୋବାଇଲ ଫୋନ ବ୍ୟବହାର କରିଥିବା ତଦନ୍ତରୁ ଜଣାପଡ଼ିଥିଲା । ଗାଡ଼ି ଚାଳକ ମୋବାଇଲ ଫୋନ ବ୍ୟବହାର କରୁଥିବା ନେଇ ଜନସାଧାରଣ ଅଭିଯୋଗ କରିବା ନିମନ୍ତେ ପରିବହନ ବିଭାଗ ପକ୍ଷରୁ ଏକ ଟୋଲ ଫ୍ରି ନମ୍ବର ଜାରି କରାଯାଇଛି । ହେଲେ ସଚେତନତା ଅଭାବରୁ ଅଭିଯୋଗ ସଂଖ୍ୟା କମ ରହିଛି । ତେବେ ବଡ଼ ବଡ଼ ମହାନଗରରେ ଜନସାଧାରଣ ଟ୍ରାଫିକ ନିୟମ ଉଲ୍ଲଂଘନକାରୀଙ୍କ ଫଟୋ ଉଠାଇ ପରିବହନ କିମ୍ବା ପୁଲିସ ବିଭାଗକୁ ଟ୍ୱିଟ କରୁଛନ୍ତି । ଫଳରେ ନିୟମ ଖିଲାପକାରୀଙ୍କୁ ଚାଲାଣ କଟାଯାଇ ପାରୁଛି । ହେଲେ ଓଡ଼ିଶାରେ ସେପରି ଘଟଣା ନଗଣ୍ୟ ରହିଛି । ବର୍ତ୍ତମାନ ସମୟରେ ମୋବାଇଲ ଫୋନ ସମସ୍ତଙ୍କ ପାଇଁ ଏକ ଜରୁରୀ ସାମଗ୍ରୀ ହୋଇଛି । କିନ୍ତୁ ଅସମୟରେ ବ୍ୟବହାର କେତେ ଘାତକ ତାହା ପରିବହନ ବିଭାଗର ଉପରୋକ୍ତ ତଥ୍ୟରୁ ସ୍ପଷ୍ଟ ହୋଇଯାଇଛି ।

ଦିନକୁ ଦିନ ସଡ଼କ ଦୁର୍ଘଟଣା ଯେଉଁପରି ଭାବରେ ବଢ଼ି ଚାଲୁଛି ତାହା ଆଜିର ସମୟ ପାଇଁ ଅତ୍ୟନ୍ତ ଯନ୍ତ୍ରଣାଦାୟକ ଘଟଣାବଳୀ । ଜଣେ ଘରୁ ବାହାରିବା ପରେ ସୁରକ୍ଷିତ ଭାବେ ଯେ ଘରକୁ ଫେରିବ ତାହାର ଗ୍ୟାରେଣ୍ଟି ସେ ନିଜେ ବି ପାଇପାରିବ ନାହିଁ । ଅତିଶସ୍ତାରେ ମୋବାଇଲ ହାତ ପାହାନ୍ତାରେ ମିଳିଯାଉଥିବାରୁ, ଦ୍ୱିତୀୟତଃ କାନରେ ଇୟର ଫୋନ ଲଗାଇ ଗପି ଗପି ଗାଡ଼ି ଚଳାଇବା ମଧ୍ୟ ଅତ୍ୟନ୍ତ ବିପଦଜନକ ମାନସିକତା । ନିୟମିତ ବ୍ୟବଧାନରେ ରାଜ୍ୟ ସଡ଼କ ପରିବହନ ବିଭାଗ ଏପରି ଆଇନ ଖିଲାପକାରୀ ମାନଙ୍କ ପାଇଁ ଦୃଷ୍ଟାନ୍ତମୂଳକ ଦଣ୍ଡ ବିଧାନ ବ୍ୟବସ୍ଥା କରୁଛନ୍ତି । ତେବେ ଏ କ୍ଷେତ୍ରରେ ଦଣ୍ଡ ପାଇବା ପୂର୍ବରୁ ପ୍ରଶ୍ନ ଉଠୁଛି ଆମେ ସଚେତନତା ନ ହେବା କ'ଣ ପାଇଁ ? ସବୁ ସଚେତନତାକୁ ସରକାର ଓ ପ୍ରଶାସନ ଉପରେ ଲଦି ଦେଲେ ଚଳିବ ନାହିଁ । ଏ କ୍ଷେତ୍ରରେ ଆମ ମାନଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । କେବଳ ସଡ଼କକୁ ସୁରକ୍ଷିତ ରଖିବା ନୁହେଁ ନିଜର ମୂଲ୍ୟବାନ ଜୀବନକୁ ବଞ୍ଚାଇ ରଖି ନିଜ ପରିବାର ଓ ସମାଜ ପାଇଁ ଜଣେ ଯଥାର୍ଥ ଦାୟିତ୍ୱବାନ ମଣିଷଟି ବୋଲି କର୍ତ୍ତବ୍ୟ ନିର୍ବାହ ନିଶ୍ଚିନ୍ତ ଭାବେ ଜୀବନ ଧର୍ମ ।

# 'ଉତ୍ର' ତରଫରୁ ବସ୍ତ୍ର ଓ ଛତା ବଂଟନ



ଭୁବନେଶ୍ୱର (ପିଏନ୍): 'ଉତ୍ର' ଚାରିଟେବୁଲ୍ ଟ୍ରଷ୍ଟର ନୂତନ ପ୍ରୟାସ 'ଥିଲେ ଦିଅ, ନଥିଲେ ନିଅ' ଅଭିଯାନ ମାଧ୍ୟମରେ ବସ୍ତ୍ର ଓ ଛତା ଭୁବନେଶ୍ୱର ମହାନଗର ନିଗମର ୩୪ ନମ୍ବର ୱାର୍ଡରେ ଅବସ୍ଥିତ ସତ୍ୟନଗର ଡେଭଲପ୍‌ମେଂଟ୍ ଓ କଲଚରାଲ୍ ସୋସାଇଟି (ସତ୍ୟନଗର ହୋମ୍‌ଟାଉନ୍ ପାଖ)ରେ ବଂଟନ କରାଯାଇଥିଲା । 'ଥିଲେ ଦିଅ, ନଥିଲେ ନିଅ' କାର୍ଯ୍ୟକ୍ରମ ମାଧ୍ୟମରେ ସଂଗ୍ରହ କରାଯାଇଥିବା ପୁରୁଣା, ନୂତନ ବସ୍ତ୍ର ଏବଂ ଛତା ଯେଉଁମାନଙ୍କର ବସ୍ତ୍ରର ଅଭାବ ଓ ଛତାର ଅଭାବ ଅଛି, ସେହିମାନଙ୍କୁ ବଂଟନ କରାଯାଇଥିଲା । ବସ୍ତ୍ର ଅଭାବ ଥିବା ଏବଂ ଛତା ଅଭାବ ଥିବା ଲୋକମାନଙ୍କୁ ଖଣ୍ଡେ ବସ୍ତ୍ର ଓ ଗୋଟେ ଛତା ଦେଇ ସେହିମାନଙ୍କ ମୁହଁରେ ଟିକିଏ ହସ ଫୁଟାଇବା ପାଇଁ 'ଉତ୍ର' ତରଫରୁ ଏହା ଏକ ଛୋଟ ପ୍ରୟାସ । ଏହି ବସ୍ତ୍ର ବଂଟନ କାର୍ଯ୍ୟକ୍ରମ ଓଡିଶାର ବିଭିନ୍ନ ସ୍ଥାନମାନଙ୍କରେ ବିଗତ ୬ ବର୍ଷ ହେବ ହୋଇଆସୁଅଛି । ପୂର୍ବବର୍ଷ ୨୫ ହଜାରରୁ ଊର୍ଦ୍ଧ୍ୱ ବସ୍ତ୍ର ବଂଟନ କରାଯାଇଥିଲା । ଏହି ଅଭିଯାନ ମାଧ୍ୟମରେ ଆପଣ ଆପଣଙ୍କର ପୁରୁଣା ବସ୍ତ୍ରକୁ ଦିଅନ୍ତୁ ଏକ ନୂତନ ଜୀବନ । ଏହି ବଂଟନ କାର୍ଯ୍ୟକ୍ରମରେ 'ଉତ୍ର' ଚାରିଟେବୁଲ୍ ଟ୍ରଷ୍ଟର ପରାମର୍ଶଦାତା ତଥା ମୋକଲେଜ ଅଧକ୍ଷ (ଓଡିଶା ସରକାର) ଆକାଶ ଦାସନାୟକ, ସଂପାଦିକା ଶୁଭ୍ରାଜ୍ୟୋତି ଦାସନାୟକ, ଅନନ୍ତ ନାରାୟଣ ଜେନା (ବିଧାୟକ, ଭୁବନେଶ୍ୱର), ସୁଲୋଚନା ଦାସ (ମେୟର, ଭୁବନେଶ୍ୱର ମହାନଗର ନିଗମ), ପୁଷ୍ପାଳୀ ସେଠୀ (କର୍ପୋରେଟର, ୱାର୍ଡ ନଂ-୩୪), ନରେନ୍ଦ୍ର କୁମାର ସେଠୀ, ରୁଦ୍ରାକ୍ଷ ପାଣିଗ୍ରାହୀ, ରାଜେନ୍ଦ୍ର ଆଚାର୍ଯ୍ୟ, ଲୋକନାଥ ପଣ୍ଡା, ମମତା ରାଉତ, ତୁଷାର ପଟ୍ଟନାୟକ, ଶୀତଲ୍ ପାତ୍ର, ଜିନା ସାମଲ, ଶୁଭଶ୍ରୀ ମଙ୍ଗରାଜ, ବୈଷ୍ଣବ ଭୋଳ, ଦେବୀପ୍ରସାଦ ମଙ୍ଗରାଜ, ପ୍ରଭାତ ଶତପଥି, କିଶୋର ଦାସ, ଭାଗ୍ୟଧର ସାମଲ, ବାବୁ ବାବୁ, ପଓ୍ୱନ ପାତ୍ରୋ, ଜୋଷିକା ବୋଷ, ତାପି ମିଶ୍ର ଓ 'ଉତ୍ର' ପରିବାରର ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ ।

## ରାଇସୁଆଁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ବାଳିକା ଆତ୍ମରକ୍ଷା ଶିବିର ଉଦ୍‌ଯାପିତ

କେନ୍ଦୁଝର (ପିଏନ୍): ସଦର ବ୍ଲକ ରାଇସୁଆଁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଚାଲିଥିବା ବାଳିକା ଆତ୍ମରକ୍ଷା ଶିବିର ଗତ ତା୨୨/୪/୨୨ରିଖରେ ଉଦ୍‌ଯାପିତ ହୋଇଯାଇଛି । ମହାବିଦ୍ୟାଳୟର ଅଧକ୍ଷ ଶ୍ରୀ ରତିନ୍ଦ୍ର କୁମାର ପରିଡା ଏହି ସଭାରେ ସଭାପତିତ୍ୱ କରି ସାମ୍ପ୍ରତିକ ସମୟରେ ସମାଜରେ ବାଳିକାମାନଙ୍କର ଆତ୍ମରକ୍ଷା କୌଶଳ ଉପରେ ଗୁରୁତ୍ୱାରୋପ କରିଥିଲେ । ଏହି କାର୍ଯ୍ୟକ୍ରମରେ ୧୮୬ଜଣ ଛାତ୍ରୀ ପ୍ରଶିକ୍ଷଣ ଗ୍ରହଣ କରିଛନ୍ତି ବୋଲି କାର୍ଯ୍ୟକ୍ରମ ଅଧିକାରୀ ଡଃ. ଆଶିଷ କୁମାର ରାଉତ ସୂଚନା ପ୍ରଦାନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଅଧାପିକା ସୁଜାତା ମହାପାତ୍ର, ପୁନମ୍ ମିଶ୍ର, ଅଧାପକ ବିପିନବିହାରୀ ସାହୁ ଓ ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ । ପରିଶେଷରେ ଛାତ୍ରୀମାନଙ୍କୁ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା ।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଜର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୂରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୁମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରେନ୍‌ରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'୧ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରେନ୍‌ରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଊର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବସ୍ତ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟେ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




## ଅଧିକାର ମାଇକ୍ରୋଫାଇନାନ୍ସ: ମହିଳା ଉଦ୍ୟୋଗୀଙ୍କ ସ୍ୱପ୍ନକୁ ସାକାର କରୁଛି

ସମ୍ବଲପୁର(ପିଏନ) : ମହିଳାମାନଙ୍କୁ ସ୍ୱାବଲମ୍ବୀ କରିବାରେ ମାଇକ୍ରୋଫାଇନାନ୍ସ ଏକ ଗୁରୁତ୍ୱପୂର୍ଣ୍ଣ ସହାୟକ ଭୂମିକା ନିର୍ବାହ କରୁଛି। ଓଡ଼ିଶାର ବଲାଙ୍ଗୀର ଜିଲା ଅନ୍ତର୍ଗତ ଖଇରଟିକ୍ରା ଗ୍ରାମର ଜଣେ ଅଧିବାସୀ ପୁଷ୍ପାଞ୍ଜଳି ମେହେରଙ୍କ ଅଭିବୃଦ୍ଧି କାହାଣୀ ତାଙ୍କ ସମେତ ଅନ୍ୟ ବହୁ ଆର୍ଥିକ ଦୃଷ୍ଟିରୁ ଦୁର୍ବଳ ମହିଳାଙ୍କ ଜୀବନରେ ମାଇକ୍ରୋ-କ୍ରେଡିଟର ଗୁରୁତ୍ୱକୁ ପ୍ରଦର୍ଶିତ କରୁଛି, ଯେଉଁମାନଙ୍କ ପାଇଁ ମୁଖ୍ୟସ୍ରୋତ ବ୍ୟାଙ୍କିଙ୍ଗ୍ ସେବା ପାଇବାକୁ ସୀମିତ ସୁଯୋଗ ରହିଥିଲା। ତାଙ୍କ ସାହସ ଏବଂ ଏକାଗ୍ରତାର କାହାଣୀ ତାଙ୍କୁ ତାଙ୍କ ପରିବାରକୁ ଦାରିଦ୍ର୍ୟ ମଧ୍ୟରୁ ଆର୍ଥିକ ସ୍ଥିରତା ଆଡକୁ ଅଗ୍ରସର କରାଇବାର ଦୀର୍ଘପଥ ଅଗ୍ରସର କରାଇଛି। ପୁଷ୍ପାଞ୍ଜଳିଙ୍କର ଚାରିଜଣିଆ ପରିବାରରେ ତାଙ୍କ ସ୍ୱାମୀ ଏବଂ ଦୁଇଜଣ ବଡ ପିଲା ଅଛନ୍ତି, ଯେଉଁମାନେ ପରିବାରର ଦୈନନ୍ଦିନ ଆବଶ୍ୟକତା ପୂରଣ ପାଇଁ ସଂଗ୍ରାମ କରୁଥିଲେ। ପୁଷ୍ପାଞ୍ଜଳିଙ୍କ ସ୍ୱାମୀ ଏକ କ୍ଷୁଦ୍ର ତନ୍ତ ଦୋକାନରେ ଜଣେ ସହାୟକ ଭାବେ କାମ କରନ୍ତି। ତାଙ୍କ କାର୍ଯ୍ୟରୁ ମିଳୁଥିବା ଅତି ସ୍ୱଳ୍ପ ଆୟ ପରିବାରର ଆବଶ୍ୟକତା ପୂରଣ କରିବାକୁ ପର୍ଯ୍ୟାପ୍ତ ନଥିଲା। ସେମାନଙ୍କ ଅବସ୍ଥା ଏତେ ଖରାପ ଥିଲା ଯେ ସେମାନେ ପରିବାର ପାଇଁ ଦିନକରେ ଗୋଟିଏ ଥର ପେଟପୁରା ଖାଇବା ଯୋଗାଡ କରିବାକୁ ଅସମର୍ଥ ଥିଲେ। ପ୍ରତିଟି ଦିନ ଅତିବାହିତ ହେବାସହିତ ସେମାନଙ୍କ ଅବସ୍ଥା ଅଧିକରୁ ଅଧିକ ଖରାପ ହେବାକୁ ଲାଗିଲା, ଏବଂ ସେମାନଙ୍କୁ ଅଣଆନୁଷ୍ଠାନିକ ଋଣଦାତାଙ୍କ ଉପରେ ନିର୍ଭର କରିବାକୁ ପଡିଲା, ଯାହା ମାତ୍ରାଧିକ ସୁଧହାର ଯୋଗୁଁ ସେମାନଙ୍କ ପାଇଁ ଅଧିକ ବୋଝ ହୋଇପଡିଲା। ଏଭଳି ପରିସ୍ଥିତିରେ ଭାଙ୍ଗିପଡିଥିବା ପୁଷ୍ପାଞ୍ଜଳି ନିଜେ ଆର୍ଥିକ ସ୍ୱାବଲମ୍ବୀ ହୋଇ ପରିବାରର ସ୍ଥିତିରେ ଉନ୍ନତି ଆଣିବାକୁ ସ୍ଥିରକଲେ। ସେ ଅଧିକାର ମାଇକ୍ରୋଫାଇନାନ୍ସର ମାଇକ୍ରୋଫାଇନାନ୍ସ ସୁବିଧା ସମ୍ପର୍କରେ ଅବଗତ ହେଲେ, ଅଧିକାରର ଟିମ୍ ନିକଟରୁ ସେମାନଙ୍କ ସେବା ସମ୍ପର୍କରେ ବିସ୍ତୃତ ଭାବେ ବୁଝିବା ପରେ ସେ ତୁରନ୍ତ ଅଧିକାରର ଜଣେ ସଦସ୍ୟ ହୋଇଗଲେ।

## ପଶ୍ଚିମ ଓଡିଶା ବିକାଶ ପରିଷଦକୁ ସ୍ୱୟଂଶାସିତ କରାଯାଉ

ଭୁବନେଶ୍ୱର, (ପିଏନ)-ଦୀର୍ଘ ୨୦ ବର୍ଷ ଧରି ଶାସକ ବିଜେଡି ପଶ୍ଚିମ ଓଡିଶା ବିକାଶ ପରିଷଦର ପାଣ୍ଠିକୁ ଦଳୀୟ ପାଣ୍ଠି ଭାବେ ବ୍ୟବହାର କରିଆସୁଛି । ଅନ୍ୟପଟେ ଦଳୀୟ ଲୋକଙ୍କୁ ଥଇଥାନ କରିବା ପାଇଁ ପଶ୍ଚିମ ଓଡିଶା ବିକାଶ ପରିଷଦର ଅଧ୍ୟକ୍ଷ ତଥା ସଦସ୍ୟମାନଙ୍କୁ ନିଯୁକ୍ତ କରାଯାଉଛି । ସିଏଜି ରିପୋର୍ଟ ଅନୁଯାୟୀ ପଶ୍ଚିମ ଓଡିଶାର ବିକାଶ ଯେଭଳି ହେବା କଥା ସେପରି ହୋଇନାହିଁ । ବିଜେପୁର ଉପନିର୍ବାଚନ ସମୟରେ ଖୋଦ୍ ମୁଖ୍ୟମନ୍ତ୍ରୀ ପଶ୍ଚିମ ଓଡିଶାର ଦାୟୀତ୍ୱ ନେବେ ବୋଲି କହିବା ସହ ଗଙ୍ଗାଧର ମେହେର ଜଳସେଚନର ସ୍ୱପ୍ନ ଦେଖାଇ ଧୋକ୍କା ଦେଇଛନ୍ତି ବୋଲି ବିଜେପି କୃଷକ ମୋର୍ଚ୍ଚା ରାଜ୍ୟ ସଭାପତି ଏବଂ ପୂର୍ବତନ ବିଧାୟକ ଶ୍ରୀ ପ୍ରଦୀପ ପୁରୋହିତ ଅଭିଯୋଗ କରିଛନ୍ତି । ରାଜ୍ୟ କାର୍ଯ୍ୟାଳୟରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ପୁରୋହିତ କହିଛନ୍ତି ଯେ, ସିଏଜି ରିପୋର୍ଟ ରାଜ୍ୟ ସରକାରଙ୍କ ମୁଖା ଖୋଲିଦେଇଛି । ରାଜ୍ୟସରକାର ଜାଣିଶୁଣି ପଶ୍ଚିମ ଓଡିଶା ବିକାଶରେ ବାଧକ ସାଜିଛନ୍ତି । ୨୦୧୩ରେ ପଶ୍ଚିମ ଓଡିଶାରେ ଜଳସେଚନ କ୍ଷେତ୍ରକୁ ଅଗ୍ରାଧୀକାର ଦେବା ପାଇଁ ନିଷ୍ପତି ହୋଇଥିବାବେଳେ ୨୦୧୫-୧୮ ଭିତରେ ମାତ୍ର ୧୧.୮୦ ପ୍ରତିଶତ ଅର୍ଥ ଜଳସେଚ କ୍ଷେତ୍ରରେ ଖର୍ଚ୍ଚ ହୋଇଛି । ଏମପି ଓ ଏମଏଲଏ ଲ୍ୟାଡ ପାଣ୍ଠିରୁ ଟଙ୍କା ପାଇବାକୁ ଯୋଗ୍ୟଥିବା ୧୯୩ଟି ଘରୋଇ ଶିକ୍ଷାନୁଷ୍ଠାନକୁ ୨୦୧୪-୧୮ ମଧ୍ୟରେ ବିକାଶ ପରିଷଦ ବେନିୟମ ଭାବେ ୯.୧୧ କୋଟି ଟଙ୍କା ପ୍ରଦାନ କରିଛି । ୧୯୯୧ ମସିହା ଘଡେଇ କମିଟି ରିପୋର୍ଟ ଆନୁଯାୟୀ ପଶ୍ଚିମ ଓଡିଶା ବିକାଶ ପରିଷଦ ଅନ୍ତର୍ଗତ ୮୯ଟି ବ୍ଲକ ମଧ୍ୟରୁ ୩୪ଟି ବ୍ଲକ ଅତ୍ୟନ୍ତ ପଛୁଆ ଏବଂ ୨୫ଟି ବ୍ଲକ ପଛୁଆ ରହିଥିଲା । ଏହି ବ୍ଲକ ଗୁଡିକର ବିକାଶ ପାଇଁ ୨୦୧୩ରେ ରାଜ୍ୟସରକାର ନିର୍ଦ୍ଦେଶ ଦେଇଥିଲେ ମଧ୍ୟ ଏଗୁଡିକର ବିକାଶ ହୋଇ ପାରିଲା ନାହିଁ । ୨୦୧୬-୧୮ ମସିହା ଭିତରେ ପରିଷଦ ୪୦୯.୭୨ କୋଟି ଟଙ୍କାର ଅର୍ଥ ବ୍ୟବସ୍ଥା କରିଥିବାବେଳେ ସେଥିମଧ୍ୟରୁ ୪୫ ପ୍ରତିଶତ ଅର୍ଥାତ୍ ୧୮୩.୪୧ କୋଟି ବିକାଶଶୀଳ ଓ ବିକଶିତ ବ୍ଲକଗୁଡିକୁ ପ୍ରଦାନ କରାଯାଇଥିଲା । ଏବେ ସୁଦ୍ଧା ପ୍ରାୟ ୪.୧୩ କୋଟି ଟଙ୍କା ବିନିଯୋଗରେ ସଂପୂର୍ଣ୍ଣ ହୋଇଥିବା ଅନେକ ଅନୁଷ୍ଠାନ ବ୍ୟବହୃତ ହୋଇପାରୁନାହିଁ ।ପଶ୍ଚିମ ଓଡିଶା ବିକାଶ ପରିଷଦ କାର୍ଯ୍ୟ ସଠିକ୍ ଭାବେ ହୋଇପାରୁନଥିବା ଯୋଗୁଁ ରାଜ୍ୟସରକାର ଏହାକୁ ନିଜ ନିୟନ୍ତ୍ରଣରେ ନରଖି ଦାର୍ଜିଲିଂ ଗୋରଖା ହିଲ କାଉନସିଲ ଭଳି ଏହାକୁ ସ୍ୱୟଂଶାସିତ ମାନ୍ୟତା ଦେବା ସହ ଦଳମତ ନିର୍ବିଶେଷରେ ପଶ୍ଚିମ ଓଡିଶାର ଅନୁଦାନକୁ ପ୍ରତିବର୍ଷ ୧ ହଜାର କୋଟିକୁ ବୃଦ୍ଧି କରିବାକୁ ଶ୍ରୀ ପୁରୋହିତ ଦାବୀ କରିଛନ୍ତି । ପଶ୍ଚିମ ଓଡିଶା ବିକାଶ ପରିଷଦକୁ ଥଇଥାନର କେନ୍ଦ୍ର ନକରି ଯେଉଁମାନେ ପଶ୍ଚିମ ଓଡିଶାର ବିକାଶ ଧାରାକୁ ଆଗକୁ ନେଇପାରିବେ ସେଭଳି ବ୍ୟକ୍ତିବିଶେଷଙ୍କୁ ଅଧ୍ୟକ୍ଷ କରିବା ପାଇଁ ରାଜ୍ୟସରକାର ପଦକ୍ଷେପ ଗ୍ରହଣ କରନ୍ତୁ । ସେହିପରି ପଶ୍ଚିମ ଓଡିଶା ବିକାଶ ପରିଷଦର ମୁଖ୍ୟ କାର୍ଯ୍ୟାଳୟକୁ ପଶ୍ଚିମ ଓଡିଶାର ଯେ କୌଣସି ସ୍ଥାନରେ କରିବା ପାଇଁ ଶ୍ରୀ ପୁରୋହିତ ଦାବୀ କରିଛନ୍ତି । ଏହି ସାମ୍ବାଦିକ ସମ୍ମିଳନୀରେ ରାଜ୍ୟ ମୁଖପାତ୍ର ଶ୍ରୀ ଠାକୁର ରଂଜିତ ଦାସ ଉପସ୍ଥିତ ଥିଲେ ।

## ବିଧାନସୌଧର କମ୍ପ୍ୟୁଟରୀକରଣ ସଂପର୍କିତ ସମୀକ୍ଷା ବୈଠକ ଅନୁଷ୍ଠିତ

ଭୁବନେଶ୍ୱର, (ପିଏନ)-ଓଡିଶା ବିଧାନସୌଧ କମ୍ପ୍ୟୁଟରୀକରଣ ସଂପର୍କିତ ଏକ ସମୀକ୍ଷା ବୈଠକ ବାଚସ୍ପତି ଡ. ସୂର୍ଯ୍ୟନାରାୟଣ ପାତ୍ରଙ୍କ ଅଧ୍ୟକ୍ଷତାରେ ଆଜି ତାଙ୍କ ପ୍ରକୋଷ୍ଠରେ ଅନୁଷ୍ଠିତ ହୋଇଯାଇଛି ।

ବୈଠକ ପ୍ରାରମ୍ଭରେ ପ୍ରିଂଟ ଲିଙ୍କସ୍ ର ପରିଚାଳନା ନିର୍ଦ୍ଦେଶକ ଜଣାଇଥିଲେ ଯେ ବିଧାନ ସୌଧର ୱାଇ-ଫାଇ, ଲାନ୍ ଓ ଭିଡ଼ିଓ କନ୍‌ଫରେନ୍ସିଂ କାର୍ଯ୍ୟ ସମାପ୍ତ ହୋଇଛି । ଇଂଟରନେଟ୍ ବେଗ ୧୦୦ ଏମ୍‌ବିପିଏସ୍ କୁ ବୃଦ୍ଧି ସଂପର୍କିତ ଆନୁମୋଦନ ଲାଭ ନିମନ୍ତେ ଏନ୍‌ଆଇସି, ନୂଆଦିଲ୍ଲୀକୁ ପତ୍ରପ୍ରେରଣ କରିବେ ବୋଲି ଜାତୀୟ ସୂଚନାବିଜ୍ଞାନ କେନ୍ଦ୍ର(ଏନ୍‌ଆଇସି)ର ବୈଷୟିକ ନିର୍ଦ୍ଦେଶକ ଜଣାଇଥିଲେ । ଉନ୍ନତ ସେବା ନିମନ୍ତେ ଲାନ୍ ସଂରଚନାରେ ଦୁଇଟି ସୁଇଚ୍ ପରିବର୍ତ୍ତନ କରିବା ପାଇଁ ମଧ୍ୟ ବୈଠକରେ ନିଷ୍ପତି ନିଆଯାଇଛି ।

ବିଧାନସୌଧରେ ୱାଇ-ଫାଇ, ଲାନ୍ ଓ ଭିଡ଼ିଓ କନ୍‌ଫରେନ୍ସିଂର ରକ୍ଷଣାବେକ୍ଷଣ ପାଇଁ ବିଏସ୍‌ଏନ୍‌ଏଲ୍ ଦ୍ୱାରା ନିୟୋଜିତ ଦୁଇଜଣ ଇଂଜିନିୟର ବିଧାନସଭା ସଚିବାଳୟର ଉପସଚିବ (ସ୍ଥାପନା)ଙ୍କ ସହିତ ଯୋଗାଯୋଗରେ ରହିବାକୁ ବାଚସ୍ପତି ଡ. ପାତ୍ର ନିର୍ଦ୍ଦେଶ ଦେଇଥିଲେ । ବିଧାନସୌଧରେ ଓସ୍ୱାସ୍ କାର୍ଯ୍ୟକ୍ଷମ କରିବାକୁ ୩୨୯ ପଏଂଟରେ ଲାନ୍ ସଂଯୋଗ ଦିଆଯାଇଛି । ବିଧାୟକ ଓ କର୍ମଚାରୀମାନଙ୍କୁ ଖୁବ୍ ଶୀଘ୍ର ଏ ସଂପର୍କିତ ତାଲିମ ପ୍ରଦାନ କରାଯିବ । ବିଧାନସଭାର ନୂତନ ସମ୍ମିଳନୀ କକ୍ଷରେ ଭିଡ଼ିଓ ୱାଲିଂ ସ୍ଥାପନ ନିମନ୍ତେ ବ୍ୟୟ ଅଟକଳ ପ୍ରଦାନ କରିବାକୁ ଓକାକ୍, ଓଡ଼ିଶା କମ୍ପ୍ୟୁଟର ପ୍ରୟୋଗ କେନ୍ଦ୍ର(ଓକାକ୍)ର ସାଧାରଣ ପରିଚାଳକ ଓ ଏନ୍‌ଆଇସିର ବୈଷୟିକ ନିର୍ଦ୍ଦେଶକଙ୍କୁ ବାଚସ୍ପତି ଡ. ପାତ୍ର କହିଥିଲେ ।

ଓଡ଼ିଶା ନଲେଜ୍ କର୍ପୋରେସନ୍(ଓକେସିଏଲ୍) ସମସ୍ତ ପ୍ରକାର ବୈଷୟିକ କମ୍ପ୍ୟୁଟରୀକୃତ ତାଲିମ କାର୍ଯ୍ୟକ୍ରମ ପ୍ରଦାନ କରୁଛି ବୋଲି ଓକାକ୍ ର ସାଧାରଣ ପରିଚାଳକ ସୂଚନା ଦେଇଥିଲେ ତେଣୁ ବିଧାୟକମାନଙ୍କୁ ଆବଶ୍ୟକୀୟ ପ୍ରଶିକ୍ଷଣ ଓ ବିଧାନସଭା କର୍ମଚାରୀମାନଙ୍କୁ ଓସ୍ୱାସ୍ ତାଲିମ ପ୍ରଦାନ କରିବା ପାଇଁ ଓକେସିଏଲ୍ କୁ ନିୟୋଜିତ କରାଯାଇପରିବ ।

ଏହି ବୈଠକରେ ବିଧାନସଭା ସଚିବ ଶ୍ରୀ ଦାଶରଥୀ ଶତପଥୀ, ଓକାକ୍‌ର ସାଧାରଣ ପରିଚାଳକ (ପ୍ରଶାସନ), ଏନ୍‌ଆଇସିର ବୈଷୟିକ ନିର୍ଦ୍ଦେଶକ, ବିଏସ୍‌ଏନ୍‌ଏଲ୍‌ର ଉପଖଣ୍ଡ ଯନ୍ତ୍ରୀ ଏବଂ ପ୍ରିଂଟଲିଙ୍କର ପରିଚାଳନା ନିର୍ଦ୍ଦେଶକ ଉପସ୍ଥିତ ରହି ଆବଶ୍ୟକ ତଥ୍ୟ ଉପସ୍ଥାପନ କରିଥିଲେ ।

## ୮୭୯୬ କୋଟି ଟଙ୍କାର ୧୨ଟି ଶିଳ୍ପ ପ୍ରକଳ୍ପର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, (ପିଏନ)- ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଗୁରୁବାର ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ରାଜ୍ୟରେ ୧୨ଟି ଭିନ୍ନ ଭିନ୍ନ ଶିଳ୍ପ ପ୍ରକଳ୍ପର ଶୁଭାରମ୍ଭ (ଦୁଇଟିର ଉଦ୍‌ଘାଟନ ଓ ୧୦ଟିର ଶିଳାନ୍ୟାସ) କରିଛନ୍ତି । ସ୍ୱାସ୍ଥ୍ୟସେବା, ବିକଳ୍ପ ଶକ୍ତି, ଇସ୍ପାତ, ସୂଚନା ପ୍ରଯୁକ୍ତି, ସିମେଂଟ ଓ ଖାଦ୍ୟ ପ୍ରକ୍ରିୟାକରଣ କ୍ଷେତ୍ରରେ ୮ଟି ଅଣୁ, କ୍ଷୁଦ୍ର ଓ ମଧ୍ୟମ ଶିଳ୍ପ ଓ ୪ଟି ବୃହତ ଶିଳ୍ପ ଏଥିରେ ଅନ୍ତର୍ଭୁକ୍ତ । ଏହି ୧୨ଟି ଶିଳ୍ପସଂସ୍ଥା ନିମନ୍ତେ ସମୁଦାୟ ୮୭୯୬.୬୧ କୋଟି ଟଙ୍କା ବିନିଯୋଗ କରାଯିବ ଓ ଏଥିରେ ୭୦୯୦ ଜଣଙ୍କ ପାଇଁ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ।

ଉଦଘାଟିତ ହୋଇଥିବା ୨ ଟି ପ୍ରକଳ୍ପ ହେଉଛି ଯାଜପୁର ହରିଦାସପୁର ଠାରେ ରାମକୋ ସିମେଂଟ ଲିମିଟେଡ୍ ର ସିମେଂଟ ଗ୍ରାଇଣ୍ଡିଂ ପ୍ଲାଂଟ ଏବଂ ବରଗଡର ବିଜେପୁର ଠାରେ ୨୫ କିଲୋୱାଟ୍ ଦକ୍ଷତା ବିଶିଷ୍ଟ ଆଦିତ୍ୟ ବିର୍ଲା ଗ୍ରୁପ୍ ର ସୋଲାର ପାୱାର ପ୍ଲାଂଟ ।

ମୁଖ୍ୟମନ୍ତ୍ରୀ ସମଗ୍ର ବିଶ୍ୱରେ କୋଭିଡ୍-୧୯ ପ୍ରଭାବ ବିସ୍ତାର କରିଥିବାବେଳେ ରାଜ୍ୟକୁ ପୁଞ୍ଜିନିବେଶକମାନଙ୍କ ଆକର୍ଷଣୀୟ ଲକ୍ଷ୍ୟସ୍ଥଳ ଭାବରେ ପରିଣତ କରିବାରେ ଓଡ଼ିଶା ତା'ର ପ୍ରାଧାନ୍ୟ ପ୍ରଦର୍ଶନ କରିଥିବାରୁ ସନ୍ତୋଷ ବ୍ୟକ୍ତ କରିଛନ୍ତି । ସେ ପୁନଶ୍ଚ କହିଛନ୍ତି ଯେ ସାଂପ୍ରତିକ ମାନକଗୁଡ଼ିକରୁ ରାଜ୍ୟ ଅର୍ଥନୀତି ପୂର୍ବାବସ୍ଥାକୁ ଫେରୁଥିବାର ଜଣାଯାଇଛି । ଶିଳ୍ପ ପ୍ରତିଷ୍ଠାନଗୁଡ଼ିକ ପୁନରୁଦ୍ଧାନ ମାର୍ଗରେ ଗତୀଶୀଳ ରହିଛନ୍ତି । ଶିଳ୍ପ କ୍ଷେତ୍ରରେ ଅଧିକ ଆସ୍ଥା ସୃଷ୍ଟି କରିବା ଦିଗରେ ଆଜି ଆରମ୍ଭ କରାଯାଇଥିବା ଶିଳ୍ପସଂସ୍ଥାଗୁଡ଼ିକ ନୂତନ ପ୍ରେରଣା ଯୋଗାଇଦେବେ ।

ମୁଖ୍ୟମନ୍ତ୍ରୀ ନୂତନ ପ୍ରକଳ୍ପଗୁଡ଼ିକ ପ୍ରତିଷ୍ଠା କରିଥିବା କମ୍ପାନୀଗୁଡ଼ିକୁ ଅଭିନନ୍ଦନ ଜଣାଇଛନ୍ତି ଓ ରାଜ୍ୟ ସରକାରଙ୍କ ପକ୍ଷରୁ ସେମାନଙ୍କୁ ସବୁମତେ ସହାୟତା ଯୋଗାଇ ଦିଆଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି । ଏହି ଶିଳ୍ପ ପ୍ରକଳ୍ପଗୁଡ଼ିକର ପ୍ରତିଷ୍ଠାକୁ ତ୍ୱରାନ୍ୱିତ କରିବା ଦିଗରେ ରାଜ୍ୟ ସରକାରଙ୍କ ସଂପୃକ୍ତ ବିଭାଗଗୁଡ଼ିକ ସମନ୍ୱିତ ଉଦ୍ୟମ କରିବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ ।

ଇସ୍ପାତ ଓ ଖଣି ମନ୍ତ୍ରୀ ଶ୍ରୀ ପ୍ରଫୁଲ୍ଲ ମଲ୍ଲିକ, ଶ୍ରମ ଓ କର୍ମଚାରୀ ରାଜ୍ୟବୀମା, ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ଶ୍ରୀ ସୁଶାନ୍ତ ସିଂ, ଶକ୍ତି, ଶିଳ୍ପ, ଏମ୍‌ଏସ୍‌ଏମ୍‌ଇ ମନ୍ତ୍ରୀ କ୍ୟାପ୍‌ଟେନ୍ ଦିବ୍ୟ ଶଙ୍କର ମିଶ୍ର, ସାଂସଦ ଶ୍ରୀମତୀ ଶର୍ମିଷ୍ଠା ସେଠୀ, ବିଧାୟକ ଶ୍ରୀ ପ୍ରଣବ ବଳବନ୍ତରାୟ, ବିଧାୟିକା ରୀତାରାଣୀ ସାହୁ ଓ ବିଧାୟିକା ଶ୍ରୀମତୀ ସ୍ନେହାଙ୍ଗିନୀ ଛୁରିଆ ବିଭିନ୍ନ ପ୍ରକଳ୍ପ ସ୍ଥାନରେ ଉପସ୍ଥିତ ଥିଲେ ।

ମୁଖ୍ୟ ଶାସନ ସଚିବ ଶ୍ରୀ ଅସିତ ତ୍ରିପାଠୀ, ଶିଳ୍ପ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ହେମନ୍ତ ଶର୍ମା, ଏମ୍‌ଏସ୍‌ଏମ୍‌ଇ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁ, ଓଡ଼ିଶା ଶିଳ୍ପ ବିକାଶ ନିଗମର ଅଧ୍ୟକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ଶ୍ରୀ ସଂଜୟ କୁମାର ସିଂ ଏବଂ ମୁଖ୍ୟମନ୍ତ୍ରୀଙ୍କ ସଚିବ (୫'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

## ବିଶ୍ୱବିଦ୍ୟାଳୟ ଆଇନ ପ୍ରତ୍ୟାହାର ପାଇଁ ଏ.ଆଇ.ଡି.ଏସ୍.ଓ ପକ୍ଷରୁ ରାଜ୍ୟପାଳଙ୍କୁ ଦାବୀପତ୍ର

ଭୁବନେଶ୍ୱର, (ପିଏନ)- ରାଜ୍ୟର ବହୁ କୁଳପତି, ପ୍ରଫେସର, ଅଧ୍ୟାପକ, ଛାତ୍ରଛାତ୍ରୀ ତଥା ବୁଦ୍ଧିଜୀବୀମାନଙ୍କ ପ୍ରତିବାଦକୁ ଏବଂ ମତାମତକୁ ସଂପୂର୍ଣ୍ଣ ଭୃକ୍ଷେପ କରି ଏବଂ ସମସ୍ତ ପ୍ରକାର ଗଣତାନ୍ତ୍ରିକ ରୀତିନୀତିକୁ ସୁକୌଶଳରେ ବଳି ପକାଇ ଓଡିଶା ବିଶ୍ୱବିଦ୍ୟାଳୟ ସଂଶୋଧନ ବିଲ୍-୨୦୨୦କୁ ରାଜ୍ୟ ସରକାର ବିଧାନସଭାରେ ପାରିତ କରିଛନ୍ତି । ଏହି ଅଗଣତାନ୍ତ୍ରିକ, ଛାତ୍ର ଅଧ୍ୟାପକ କର୍ମଚାରୀ ତଥା ଶିକ୍ଷା ବିରୋଧି ପଦକ୍ଷେପକୁ ଏ.ଆଇ.ଡି.ଏସ୍.ଓ ତରଫରୁ ଦୃଢ ବିରୋଧ କରାଯାଇ ଆଜି ରାଜଭବନ ସମ୍ମୁଖରେ ଏକ ବିକ୍ଷୋଭ ସଂଗଠିତ ହୋଇଥିଲା । ବିକ୍ଷୋଭ ସ୍ଥଳରୁ ରାଜ୍ୟପାଳଙ୍କୁ ଦାବୀପତ୍ର ପ୍ରଦାନ କରାଯାଇ ଏହାକୁ ତୁରନ୍ତ ରଦ୍ଦ କରିବା ସହ ପୁନଃ ସରକାରଙ୍କୁ ଫେରାଇ ଦେବାକୁ ଦାବୀ କରାଯାଇଛି ।

ସୂଚନାଯୋଗ୍ୟ ଯେ, ସିନେଟ୍ ଉଚ୍ଛେଦ, ଅଧ୍ୟାପକ ନିଯୁକ୍ତି ବିଶ୍ୱବିଦ୍ୟାଳୟ ହାତରୁ କାଢିନେଇ ଓ.ପି.ଏସ୍.ସି କୁ ପ୍ରଦାନ, କୁଳପତି ଚୟନରେ ସିଣ୍ଡିକେଟ ବଦଳରେ ସରକାରୀ ପ୍ରତିନିଧି ସ୍ଥାନ ପାଇବା, ସିଣ୍ଡିକେଟର କ୍ଷମତାକୁ ସଙ୍କୁଚିତ କରି ଯୁଗ୍ମ ସଚିବ ପାହ୍ୟାର ଅଧିକାରୀଙ୍କୁ ଏହାର ସଭ୍ୟ କରିବା, ବିଶ୍ୱବିଦ୍ୟାଳୟର ଶୈକ୍ଷିକ ବ୍ୟବସ୍ଥାରେ ସରକାରୀ ନିୟନ୍ତ୍ରଣ ପ୍ରତିଷ୍ଠା କରିବା, ରେଭେନ୍ସା ବିଶ୍ୱବିଦ୍ୟାଳୟ ଆଇନକୁ ବାତିଲ କରିବା ଭଳି ବହୁ ମାରାତ୍ମକ ସୁପାରିଶ ରାଜ୍ୟର ଉଚ୍ଚ ଶିକ୍ଷାର ସମାଧି ରଚନା କରିବ ବୋଲି ସଂଗଠନ ପକ୍ଷରୁ କୁହାଯାଇଛି । ଅନ୍ୟପଟରେ ରାଜ୍ୟ ସରକାର ସମସ୍ତ ମତାମତକୁ ଉପେକ୍ଷା କରି କରୋନା ସମୟରେ ବିଧାନସଭାରେ ଯେଉଁଭଳି ଭାବେ ଏହି ବିଲକୁ ପାରିତ କଲେ ତାହା ରାଜ୍ୟରେ ଏକ କଳା ଇତିହାସ ସୃଷ୍ଟି କରିଛନ୍ତି । ସଂଖ୍ୟାଗରିଷ୍ଠତା ବଳରେ ରାଜ୍ୟର ଜନଗଣ ପ୍ରତି ଛୁରିକାଘାତ କରିଛନ୍ତି । ଏହି ଫାସୀବାଦୀ ପଦକ୍ଷେପ ବିରୁଦ୍ଧରେ ଏ.ଆଇ.ଡି.ଏସ୍.ଓ ପକ୍ଷରୁ ଦୁଇ ଦିନ ଧରି ରାଜ୍ୟବ୍ୟାପୀ ବହୁ ପ୍ରତିବାଦ ବିକ୍ଷୋଭ, ବିଲ ପୋଡି କାର୍ଯ୍ୟକ୍ରମ ମାନ ଗ୍ରହଣ କରାଯାଇଛି ଏବଂ ଆଜି ରାଜଭବନ ସମ୍ମୁଖରେ ବିକ୍ଷୋଭ କରାଯାଇଥିଲା । ଏ.ଆଇ.ଡି.ଏସ୍.ଓ ରାଜ୍ୟ ସଭାପତି ଗଣେଶ ତ୍ରିପାଠୀ, ସଂପାଦକ ସୁବାସ ନାୟକ, ଉପସଭାପତି ସିର୍ଦ୍ଧାତ ରଥ, ଜୟନ୍ତ ମହାନ୍ତି, ସଂପାଦକ ମଣ୍ଡଳୀ ସଦସ୍ୟ ନସିମ ସରକାର, ଭାଗ୍ୟରବୀ ଦାସ, ସ୍ୱସ୍ତି ସଙ୍ଗିତା ଦଳାଇ, ବିନୋଦ ସେଠୀ, ତରୁଣସେନ ନାୟକ ପ୍ରମୁଖ ଛାତ୍ରନେତାମାନଙ୍କ ବିକ୍ଷୋଭରେ ସାମିଲ ହୋଇଥିଲେ । ଏହା ବିରୁଦ୍ଧରେ ରାଜ୍ୟର ଛାତ୍ର ସମାଜ, ବୁଦ୍ଧିଜୀବୀ, ସଚେତନ ନାଗରିକ ଏକଜୁଟ ହୋଇ ଆନ୍ଦୋଳନକୁ ଜୋରଦାର କରିବାକୁ ବିକ୍ଷୋଭ ସ୍ଥଳରୁ ଛାତ୍ରନେତାମାନେ ନିବେଦନ କରିଥିଲେ ।

## ବେସାରିକ ଯୋଗାଣ ବିଭାଗ ଦ୍ୱାରା ପରିଚାଳିତ ଏଚ୍‌ପିସିଏଲ ଗ୍ୟାସ୍ ଗୋଦାମ ପାଇଁ ଜମି ଯୋଗାଇ ଦେବାକୁ ଦାବୀ

କେନ୍ଦୁଝର(ପିଏନ): ଏଚ୍‌ପିସିଏଲ କମ୍ପାନୀ ପକ୍ଷରୁ ଆଡହକରେ ବେସାରିକ ଯୋଗାଣ ବିଭାଗକୁ ଡିଲରସିପ ଦିଆଯାଇଛି । ଗ୍ୟାସ ସିଲିଣ୍ଡର ଷ୍ଟୋରେଜ ପାଇଁ ଆବଶ୍ୟକୀୟ ଷ୍ଟୋରେଜ ପାଇଁ ଆବଶ୍ୟକ ୧ ଏକର ଜମି ମିଳୁନଥିବାରୁ ଡିଲରସିପ ବନ୍ଦ ହେବାକୁ ଯାଉଛି । ନିଜସ୍ୱ ଗୋଦାମ ଘର ନଥିବାରୁ ବିଭିନ୍ନ ବିଭାଗର ଯଥା ଏକ୍ସପ୍ଲୋସିଭ ଲାଇସେନ୍ସ, ଫାୟରସେଫ୍ଟି ଲାଇସେନ୍ସ ୨୬ ବର୍ଷ ଧରି ମିଳିପାରୁନାହିଁ । ଗ୍ୟାସ ସିଲିଣ୍ଡର ଷ୍ଟୋରେଜ ପାଇଁ ଆବଶ୍ୟକୀୟ ଷ୍ଟୋରେଜ ପାଇଁ ଆବଶ୍ୟକ ୧ ଏକର ଜମି ପାଇଁ ବାରମ୍ବାର ସଦର ତହସିଲକୁ ଆବେଦନ କଲେ ମଧ୍ୟ ଜମି ନଥିବା କହି ତହସିଲ ପକ୍ଷରୁ ଅଗ୍ରାହ୍ୟ କରାଯାଉଛି । କେନ୍ଦୁଝର ସଦର ମହକୁମାରେ ଜନାକୀର୍ଣ୍ଣ ତଥା ଶିକ୍ଷାନୁଷ୍ଠାନକୁ ସଂଲଗ୍ନ ଥାଇ ଏକ ବିପଦସଂକୁଳ ଘରେ ଗ୍ୟାସ୍ ଗୋଦାମ ଚାଲୁଥିବାବେଳେ ଜମି ମିଳୁନଥିବାରୁ ଗୋଦାମ ଘର ହୋଇପାରୁନଥିବା ଜଣାପଡିଛି । ତେବେ ସୁରକ୍ଷା ଦୃଷ୍ଟି କୋଣରୁ ଗ୍ୟାସ ଗୋଦାମ ଜନବସତିଠାରୁ ଦୂରରେ କରିବା ପାଇଁ ନିର୍ଦ୍ଦେଶ ହୋଇଥିଲା । କିନ୍ତୁ ରାଜସ୍ୱ ବିଭାଗ ଆବଶ୍ୟକୀୟ ଜମି ଯୋଗାଇ ଦେଉନଥିବାରୁ ଗ୍ୟାସ ଗୋଦାମ ଅନ୍ୟତ୍ର ସ୍ଥାନାନ୍ତର ହୋଇ ପାରୁନାହିଁ । ଓଡିଶା ସରକାରଙ୍କ ଖାଉଟି କଲ୍ୟାଣ ଓ ବେସାମରିକ ଯୋଗାଣ ବିଭାଗ ଅଧିନରେ ଥିବା ଯୋଗାଣ ନିଗମ ନିଗମ ଲିମିଟେଡ ଦ୍ୱାରା ପରିଚାଳିତ ଏହି ଗ୍ୟାସ ଗୋଦାମ ଆବଶ୍ୟକୀୟ ସୁରକ୍ଷା ଅଭାବରୁ ଏହାକୁ ଏଲପିଜି ବିତରଣ କରୁଥିବା କମ୍ପାନୀ ବନ୍ଦ କରିବାକୁ ସ୍ପଷ୍ଟ ଭାବେ ଜଣାଇଛି । ଏଚ୍‌ପିସିଏଲର ଡିଜିଏମ ଧର୍ମେନ୍ଦ୍ର ବେହୁରା ଗୋଦାମ ଘର ନଥିବାରୁ ବେସାମରିକ ଯୋଗାଣ ବିଭାଗ ଅଧିନରେ ଥିବା ଆଡହକ ଡିଲରସିପ ୩୦ ନଭେମ୍ବର ୨୦୨୦ରେ ବନ୍ଦ କରିବାକୁ ଜିଲ୍ଲା ପରିଚାଳକ ବେସାମରିକ ଯୋଗାଣ ଅଧିକାରୀଙ୍କୁ ଚିଠି କରି ଜଣାଇବା ପରେ କେନ୍ଦୁଝର ସହରରେ ବିଭିନ୍ନ ମହଲରେ ଅସନ୍ତୋଷ ଦେଖାଦେଇଛି । ଏହି ଡିଲରସିପ ଅଧିନରେ ୧୭,୪୦୦ ଉପଭୋକ୍ତା ଅଛନ୍ତି । ସୂଚନାଯୋଗ୍ୟ ଯେ, କେନ୍ଦୁଝର ସହରରେ ଏଚ୍‌ପିସିଏଲ କମ୍ପାନୀ ତରଫରୁ ଗ୍ୟାସ ଯୋଗାଇବା ପାଇଁ ପୂର୍ବରୁ ମେସର୍ସ କେନ୍ଦୁଝର ଗ୍ୟାସ ଏଜେନ୍ସିକୁ ଲାଇସେନ୍ସ ପ୍ରଦାନ କରାଯାଇଥିଲା । ତେବେ ଅନିୟମିତତା ଅଭିଯୋଗରେ ୧୯୯୬ ମସିହାରେ ଏହାର ଲାଇସେନ୍ସ ସସପେଣ୍ଡ ହୋଇଥିଲା । ଏହାପରେ ଏ ସଂପର୍କିତ ଏକ ମାମଲା କୋର୍ଟରେ ବିଚାରାଧିନ ଥିବାବେଳେ ଏଚ୍‌ପିସିଏଲ କମ୍ପାନୀ ପକ୍ଷରୁ ଆଡହକରେ ବେସାମରିକ ଯୋଗାଣ ବିଭାଗକୁ ଡିଲରସିପ ଦିଆଯାଇଛି । ସେବେଠାରୁ ବେସାମରିକ ଯୋଗାଣ ବିଭାଗ ସୁଚାରୁରୁପେ ଏଲପିଜି ସିଲିଣ୍ଡର ଲୋକମାନଙ୍କୁ ଘରକୁ ଘର ଗାଡି ଦ୍ୱାରା ସୁଚାରୁରୂପେ ଗ୍ୟାସ ସିଲିଣ୍ଡର ଯୋଗାଣ କରିଆସୁଛି । ଏହି ସଂସ୍ଥା ୨୬ ବର୍ଷ ଧରି ସୁରୁଖୁରୁରେ ଚାଲି ଆସୁଥିବାବେଳେ ବନ୍ଦ ହେଲେ ଗ୍ୟାସ ବିତରଣରେ ବିଭ୍ରାଟ ହେବ ଏବଂ ଉପଭୋକ୍ତାମାନେ ହଇରାଣ ହେବ ବୋଲି ବହୁ ଜନସାଧାରଣ ପ୍ରକାଶ କରିଛନ୍ତି । ଏ ନେଇ ଶୁକ୍ରବାର ଦିନ ବରଦା ପ୍ରସନ୍ନ ଦାସ, ରୁଦ୍ର ନାରାୟଣ ମହାନ୍ତ, ସୁଧାଂଶୁ ଶେଖର ସାହୁ, ଅସିତ୍ ପଟ୍ଟନାୟକ, ରମେଶ ଚନ୍ଦ୍ର ନାୟକ, ରବିନ୍ଦ୍ର କୁମାର ସେଠୀ, ବାସୁଦେବ ରାଜ, ମନୋରଞ୍ଜନ ମଙ୍ଗରାଜ, ଶୁଭେନ୍ଦୁ ସାହୁ, କବିଚରଣ ନାୟକ, ଅଜୟ ଅଗ୍ରୱାଲ, ଅନୀଲ ଅଗ୍ରୱାଲ, କା ‍ିକ ସେଠୀ, ସୌରଭ ମହାପାତ୍ର, ଗୌତମ ମହାପାତ୍ର, ଶାନ୍ତନୁ ମହାନ୍ତି, ଶୁକୁମାର ଦେ,ରଜତ କୁମାର ଗିରି, କୌଳାଶ ଚନ୍ଦ୍ର ଜେନା,ଦେବେନ୍ଦ୍ର ନାଥ ମହାନ୍ତି, ପ୍ରଫୁଲ୍ଲ ଚନ୍ଦ୍ର ମହାନ୍ତି, ସଂଜୟ କୁମାର ମହାନ୍ତ, ରାକେଶ କୁମାର ସାହୁ, ରାମଚନ୍ଦ୍ର ସେଠୀ,ସଂଜୟ କୁମାର ପଣ୍ଡା, ସତ୍ୟାନନ୍ଦ ମହାନ୍ତ, ଶରତ ଚନ୍ଦ୍ର ମହାନ୍ତ, ମନୋଜ କୁମାର ମହାନ୍ତ,ଏମ୍‌ଡି ଇରସାଦ, ସୁବାସ ଚନ୍ଦ୍ର ସାହୁ, ଧରଣୀଧର ମହାନ୍ତ, ନାରାୟଣ ନାୟକ, ପ୍ରଶାନ୍ତ କୁମାର ଭଞ୍ଜଦେଓ ପ୍ରମୁଖଏକ ଦାବୀ ପତ୍ର ମାଧ୍ୟମରେ ବେସାରିକ ଯୋଗାଣ ବିଭାଗକୁ ୧ ଏକର ଜମି ଯୋଗାଇ ଦେବାକୁ ଜିଲ୍ଲାପାଳଙ୍କୁ ଦାବୀ କରିଛନ୍ତି ।

### ପାଂଚ ଜଣ ଛୁଆଙ୍କୁ ନେଇ ଦୁର୍ଦ୍ଦିନ ଚଳୁଛନ୍ତି କାଂଚନ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ମହେଶ୍ୱରପୁର ଗାଁର କାଂଚନ ଖରା । ସ୍ୱାମୀ ଗୁପ୍ତ ଖରାଙ୍କ ବିୟୋଗ ପରେ ୫ଜଣ ଛୁଆଙ୍କୁ ନେଇ ଦୁର୍ଦ୍ଦିନରେ ଦିନ କାଟୁଛନ୍ତି କାଂଚନ । ୬ପ୍ରାଣୀଙ୍କ ପେଟକୁ ଦାନା ଯୋଗାଇବା କଷ୍ଟ କର ହୋଇପଡୁଛି । ଅସୁବିଧାରେ ଚଳୁଥିଲେ ସୁଦ୍ଧା ସରକାରୀ ସହାୟତାରୁ ବଂଚିତ ହୋଇଛନ୍ତି ସେମାନେ । ମୁଣ୍ଡ ଗୁଞ୍ଜିବାକୁ ଭଲ ଘର ଖଣ୍ଡେ ନାହିଁ । ପାଲଟଣା ଘରେ ୬ଜଣ ଚଳିବା କଷ୍ଟ ସାଧ । ସ୍ୱାମୀଙ୍କ ମୃତ୍ୟୁପରେ ପିଲାଙ୍କୁ ମଣିଷ କରିବା ଲାଗବହୁ ସ୍ୱପ୍ନ ଦେଖିଛନ୍ତି କାଂଚନ । ମୂଲ ମଜୁରୀ କରି ଯାହା ରୋଜଗାର କରନ୍ତି ସେତିକିରେ ପରିବାର ଚଳୁଛି । ୬ଜଣଙ୍କ ଲାଗି ଦାନା ଯୋଗାଡ କରିବା କେତେ ଯେ କଷ୍ଟ ତାହା ଭଗବାନ ଜାଣନ୍ତି । ଗରିବ ଲୋକଙ୍କ ଲାଗି ସରକାର ବିଭିନ୍ନ ଯୋଜନାମାନ ଘୋଷଣା କରିଥିଲେ ସୁଦ୍ଧା କାଂଚନଙ୍କୁ କୌଣସି ସୁବିଧା ମିଳୁନାହିଁ । ପଲିଥିନ ତଳେ ବିତୁଛି ଜୀବନ । କେତେବେଳେ ଯେ ଘର ଭାଙ୍ଗିଯିବ ତାର କିଛି ଭରସା ନାହିଁ । ସବୁବେଳେ ରହୁଛି ସାପର ଭୟ । ଆଜି ସୁଦ୍ଧା କାଂଚନକୁ ଆବାସ ଯୋଜନାରେ ପକ୍କାଘର ଖଣ୍ଡେ ମିଳି ନାହିଁ କି ରାସନକାର୍ଡ ଏବଂ ବିଧବା ଭତ୍ତାରୁ ମଧ୍ୟ ବଂଚିତ ହୋଇଛନ୍ତି । କୌଣସି ଗୋଟିଏ ବି ସରକାରୀ ସହାୟତା ତାଙ୍କୁ ମିଳିନାହିଁ । ଏନେଇ ରାଜନେତାଙ୍କଠାରୁ ଆରମ୍ଭ କରି ପ୍ରଶାସନିକ ଅଧିକାରୀଙ୍କୁ ଗୁହାରୀ କରିଥିଲେ ସୁଦ୍ଧା ଫଳାଫଳ ମିଳିନଥିବା କାଂଚନ ଅଭିଯୋଗ କରିଛନ୍ତି ।

### ଗୋବିନ୍ଦ ଗୋଧାମ ଗୋଶାଳା ପରିଦର୍ଶନ କଲେ ସିଡିଭିଓ

ପୁରୀ, (ପିଏନ)- କିଛି ଦିନ ତଳେ ଗୋରୁ ଚାଲାଣକୁ ଅଟକାଇ ଗାଇଗୁଡିକ ଜବତ କରି ପୁରୀ ସଦର ଥାନା ପୁଲିସ ଗୋବିନ୍ଦ ଗୋଧାମ ଗୋଶାଳାକୁ ପଠାଇଥିଲେ । ଆଜି ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସାଧିକାରୀ (ସିଡିଭିଓ) ଡା. ପ୍ରସନ୍ନ କୁମାର ପୃଷ୍ଟି , ଭେଟେନାରୀ ଡେପୁଟି ଡାଇରେକ୍ଟର ପ୍ରଶାନ୍ତ କୁମାର ସ୍ୱାଇଁ ପରିଦର୍ଶନରେ ଯାଇ ଗାଇଗୁଡିଙ୍କ ସ୍ୱାସ୍ଥ୍ୟବସ୍ଥା ପରକ୍ଷା କରିଥିଲେ । ଗାଇମାନଙ୍କ ରହିବା ସ୍ଥାନ ପରିଷ୍କାର ଓ ପରିଚ୍ଛନ୍ନ ରଖିବା ପାଇଁ ପରାମର୍ଶ ଦେଇଥିଲେ । ଗୋଖାଦ୍ୟ ରଖିବା ସ୍ଥାନ, ପାଣିର ସୁବ୍ୟବସ୍ଥା ଓ ବିଦ୍ୟୁତ୍ ସ୍ଥିତି ନେଇ ଯାଂଚ୍ କରିଥିଲେ ।

ଏହି ଯାଂଚ୍ ସମୟରେ ଗୋଶାଳାର ପ୍ରତିଷ୍ଠାତା ତଥା ସଂପାଦକ ପଣ୍ଡିତ ବିଷ୍ଣୁଚରଣ ପଣ୍ଡା, ମ୍ୟାନେଜର ଦିଲ୍ଲୀପ କୁମାର ମହାନ୍ତି, ହରପ୍ରସାଦ ମହାପାତ୍ର, କୈଳାସଚନ୍ଦ୍ର ପଣ୍ଡା, ମନୋଜ କୁମାର ପଣ୍ଡା, ବିକାଶ ହୋତା, ସର୍ବେଶ୍ୱର ପଣ୍ଡା, ପୁରୁଷୋତମ ପଣ୍ଡା, ଗଣେଶ୍ୱର ପଣ୍ଡା, ପିତାମ୍ବର ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ ।

### ୩୪୩ ଲିଟର ଦେଶୀମଦ ଜବତ, ଅଭିଯୁକ୍ତ ଚିଲିକା ଭିତରେ ଫେରାର

ପୁରୀ, (ପିଏନ)- ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ଥାନା ଅନ୍ତର୍ଗତ ବ୍ରାହ୍ମଣଦେଓ କୁମାରପୁର ରିଙ୍ଗରୋଡରେ ଗୋଟିଏ ମାରୁତି ଓମିନି କାର୍ ନଂ ଏପି ୩୧ ଏଲ ୫୩୮୭ କୁ ଜବତ କରିବା ସମୟରେ ସେଥିରେ ଥିବା ମଦ ବ୍ୟବସାୟୀ ଚିଲିକା ଭିତର ଦେଇ ଖସି ଯାଇଥିଲେ । ସେହି ଗାଡିରୁ ୧୪ଟି ଜରି ଅଖାରେ ୩୪୩ ଲିଟର ଦେଶୀମଦ ଥିବା ଜଣାପଡିଥିଲା । ଏହାକୁ ପୁଲିସ୍ ଜବତ କରିଛି । ଏ ସମ୍ପର୍କରେ କୃଷ୍ଣପ୍ରସାଦ ଥାନାରେ ୧୫୪/୨୦ରେ ମାମଲା ରୁଜୁ ହୋଇଛି ।

## ଯାଜପୁର ଜିଲ୍ଲା ଯୁବ ବିଜେଡି ପୁର୍ନଗଠନ

କୋରେଇ, (ପିଏନ)-ଯାଜପୁର ଜିଲ୍ଲାବିଜୁ ଯୁବ ଜନତା ଦଳ ପକ୍ଷରୁ ୧୦ଟି ବ୍ଲକ ୨ଟି ମ୍ୟୁନିସପାଲଟି ସମେତ ଜିଲ୍ଲା କର୍ମକର୍ତାଙ୍କ ନାମ ଘୋଷଣା କରାଯାଇଥିବା ଜିଲ୍ଲା ସଭାପତି ପ୍ରତାପ କୁମାର ମହାନ୍ତି ଏକ ପ୍ରେସ ବିଜ୍ଞପ୍ତିରେ ପ୍ରକାଶ କରିଛନ୍ତି । ଶ୍ରୀ ମହାନ୍ତିଙ୍କ ନୂତନ ଟିମରେ ଜିଲ୍ଲା ଉପସଭାପତି ଭାବେ ଦେବଦତ ଦାସ, ସୌଭାଗ୍ୟ କୁମାର ମହାନ୍ତି, ନରେନ୍ଦ୍ର କୁମାର ନାୟକ, ସୁବ୍ରତ ଧଳ, ମାନସ ରଂଜନ ଜେନା, ବିରଜା ମଲ୍ଲିକ, ଶାନ୍ତନୁ ରାଉତ ସାଧାରଣ ସମ୍ପାଦକ ଭାବେ ପାର୍ଥସାରଥି ରାୟ, ତାରକ ଅଜିଜ, ବିକାଶ ଦାସ, ମନୋଜ ରାଉତ, କାଜଲ କିରଣ ପ୍ରଧାନ, ସୁଧାଂଶୁ ରାଉତ, ସୁଧାଂଶୁ ବରାଳ, ଜିଲ୍ଲା ସମ୍ପାଦକ ଭାବେ ପ୍ରଶାନ୍ତ ଦାସ, ରଜତ ରାଉତ, ସୁଶାନ୍ତ କୁମାର ରାଉତରାୟ, ଶ୍ରୀ କୁମାର ପାତ୍ର, ସୌମ୍ୟ ରଜନ ମହାପାତ୍ର, ବିନୟ କୁମାର ପୃଷ୍ଟି, ଦିବ୍ୟ ରଂଜନ ସାହୁ, ସ୍ମୃତି ରଂଜନ ବେହୁରିଆ, ନରେଶ ଚନ୍ଦ୍ର ମହାନ୍ତି, ନିଳାଦ୍ରୀ ଭୂଷଣ ସାହୁ, ସେକ ସବିର ଅଲ୍ଲୀ, ବିଚିତ୍ରାନନ୍ଦ ବେହୁରିଆ, ରାକେଶ ମହାନ୍ତି, ସତ୍ୟାନନ୍ଦ ସାହୁ, ଗୋଲକ ଚନ୍ଦ୍ର ମାଝୀ, ବିବେକାନନ୍ଦ ମହାନ୍ତି, ପ୍ରଦୀପ୍ତ କୁମାର ନାୟକ, ବିଶ୍ୱନାଥ ପଣ୍ଡା, ଜଟିନ୍ଦ୍ର ପ୍ରଧାନ, ସଂଜୟ ନାୟକ ଓ ଜିଲ୍ଲା ସୋସିଆଲ ମିଡିଆ ଇନଚାର୍ଯ୍ୟ ଭାବେ ହିରେନମୟ ମହାପାତ୍ର, ବିଭିନ୍ନ ବ୍ଲକ ସଭାପତି ଭାବେ ଧର୍ମଶାଳା କ୍ଷିତିସ ନାୟକ, ବଡଚଣା ଗଣେଶ୍ୱର ବରାଳ, ବିଂଝାରପୁର ଦିଲ୍ଲୀପ ରାଉଳ, ଦାନଗଦି ଜୟ ପ୍ରକାଶ ସାହୁ, ସୁକିନ୍ଦା ସୁଜିତ କୁମାର ରାଉତ, କୋରାଇ ପ୍ରଶାନ୍ତ ମହାପାତ୍ର, ରସୁଲପୁର ପ୍ରଫୁଲ୍ଲ କୁମାର ସାହୁ, ଯାଜପୁର ଅଂଜନ କୁମାର ମହାନ୍ତି, ଦଶରଥପୁର ମନିସ କୁମାର ସହୁ, ବରୀ ରଂଜନ କୁମାର ପଣ୍ଡା, ଯାଜପୁର ମୁନିସିପାଲଇଟି ସଭାପତି ମନୋଜ କୁମାର ସାହୁ ଓ ବ୍ୟାସନଗର ମୁନିସପାଲଟି ସଭାପତିଭାବେ ମନୋଜ କୁମାର ପରିଡାଙ୍କୁ ମନୋନୀତ କରାଯାଇଛି । ରାଜ୍ୟ ବିଜେଡି ସାଧାରଣ ସମ୍ପାଦକ (ଯୁବ ବ୍ୟାପାର) ବିଧାୟକ ପ୍ରଣବ କୁମାର ବଳବନ୍ତରାୟଙ୍କ ଅନୁମୋଦନ କ୍ରମେ ଯାଜପୁର ଜିଲ୍ଲା ଯୁବ ବିଜେଡି ସଭାପତି ପ୍ରତାପ କୁମାର ମହାନ୍ତି ଜିଲ୍ଲା ସଂଗଠନର ପୁର୍ନଃ ଗଠନ କରିଛନ୍ତି ।

## ହରିଚନ୍ଦନପୁର ବ୍ଲକ ଠାକୁରପଡା ଗ୍ରାମ ପଂଚାୟତରେ ଆବାସ ଓ ପାଇଖାନା ନାମରେ କୋଟି କୋଟି ଟଙ୍କା ହରିଲୁଟ୍ ଅଭିଯୋଗ

ହରିଚନ୍ଦନପୁର,(ପିଏନ)-କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଠାକୁରପଡା ଗ୍ରାମ ପଂଚାୟତ ଅନ୍ତର୍ଗତ ଘଷଣାଟାଙ୍ଗର ଗ୍ରାମରେ ଇନ୍ଦିରା ଆବାସ, ପ୍ରଧାନମନ୍ତ୍ରୀ ଆବାସ, ପାଇଖାନା ଯୋଜନାରେ ଅନ୍ତର୍ଭୁକ୍ତ ଏକାଧିକ ହିତାଧିକାରୀଙ୍କ ଟଙ୍କା ହରିଲୁଟ୍ ହୋଇଛି । ପିଠାଗୋଳା ପଂଚାୟତରେ ଜିଆରଏସ ଭଳି ଘଷଣାଟାଙ୍ଗର ଗ୍ରାମରେ ସମିତି ସଭ୍ୟ ତ୍ରିଲୋଚନ ମହାନ୍ତ ଅନେକ ହିତାଧିକାରୀଙ୍କ ଗୃହ ନିର୍ମାଣ ଦାୟିତ୍ୱ ନେଇ ନିର୍ମାଣ କାର୍ଯ୍ୟ ଆରମ୍ଭ କରି ଅଧପାନ୍ତରିଆ ଅବସ୍ଥାରେ ଛାଡିଦେଇ ସମ୍ପୂର୍ଣ୍ଣ ଟଙ୍କା ଉଠାଇନେଇ ନିଜର ସମ୍ପତି ବଢାଇ ମାଲେମାଲ ହୋଇଥିବା ଅଭିଯୋଗ ହୋଇଛି । ସରକାରଙ୍କ ଆବାସ ଯୋଜନାରେ ଅନ୍ତର୍ଭୁକ୍ତ ହିତାଧିକାରୀ କୁସୁମୀ ମୁଣ୍ଡା, ଜିତେନ ମୁଣ୍ଡା, ବିକ୍ରମ ମୁଣ୍ଡା, ଭାସ୍କର ମୁଣ୍ଡା, ରୁକ୍ମଣୀ ମୁଣ୍ଡା ନରସିଂ ମୁଣ୍ଡାଙ୍କ ଘର ଗୁଡିକର ନିର୍ମାଣ କାର୍ଯ୍ୟ ଆଜକୁ ଦୀର୍ଘ ଦିନ ହେବ ସଭ୍ୟ ତ୍ରିଲୋଚନ ଆରମ୍ଭ କରିଥିଲେ । ହେଲେ ଆଜକୁ ଅନେକ ବର୍ଷ ବିତିଯାଇଥିଲେ ମଧ ସେହି ଘର ଗୁଡିକର କାର୍ଯ୍ୟ ସମ୍ପୂର୍ଣ୍ଣ ନକରି ସମସ୍ତ ଟଙ୍କା ଉଠାଇ ନେଇଥିବା ଯୋଗ୍ୟ ହିତାଧିକାରୀ ଅଭିଯୋଗ କରିଛନ୍ତି । ଘର ଗୁଡିକ ସମ୍ପୂର୍ଣ୍ଣ ହୋଇନଥିବା ନେଇ ଗରିବ ହିତାଧିକାରୀ ସରକାରୀ ଅନୁଦାନରେ ନିର୍ମିତ ନୂଆ ଘରକୁ ଚାହିଁ ଚାହିଁ ଭଙ୍ଗା ଓ ପର ଘରେ ଦୁର୍ଦ୍ଦିନରେ ଜୀବନ ବିତାଇବାକୁ ବାଧ ହେଉଛନ୍ତି । ସେହି ଭଳି ଗ୍ରାମରେ ସ୍ୱଚ୍ଛ ଭାରତ ଯୋଜନାରେ ୧୨ହଜାର ଟଙ୍କାର ପାଇଖାନା ପାଇଥିବା ଶତାଧିକ ହିତାଧିକାରୀଙ୍କ ପାଇଖାନା ଗୁଡିକ ଅଧନିର୍ମିତ ଅବସ୍ଥାରେ ଛାଡ଼ି ଅବଶିଷ୍ଟାଂଶ ଟଙ୍କାକୁ ହରିଲୁଟ୍ କରିନେଇଥିବା ଅଭିଯୋଗ ହୋଇଛି । ସାଧାରଣତଃ ଅଧିକାଂଶ ପାଇଖାନାର କବାଟ ଲାଗିନଥିବା ସହ ଟାଙ୍କି ନିର୍ମାଣ କରାଯାଇନାହିଁ । ସେହି ଭଳି ଅନେକ ପାଇଖାନା ଗୁଡିକ ଭାଙ୍ଗିବାକୁ ବସିଥିବା ବେଳେ ସେଗୁଡିକ ବର୍ତମାନ ସୁଦ୍ଧା ସମ୍ପୂର୍ଣ୍ଣ ହୋଇପାରିନାହିଁ । ଯାହାକୁ ନେଇ ହିତାଧିକାରୀମାନେ ମଳତ୍ୟାଗ ପାଇଁ ପୂର୍ବ ଭଳି ଖୋଲା ସ୍ଥାନ ବା ଜଙ୍ଗଲ ଉପରେ ନିର୍ଭର କରୁଛନ୍ତି । ଏଥିପ୍ରତି ପ୍ରଶାସନ ଦୃଷ୍ଟି ଦେଇ ତୁରନ୍ତ ଉକ୍ତ ଯୋଜନାର ପୁଙ୍ଖାନୁପୁଙ୍ଖ ତଦନ୍ତ କରି ଅଧସମ୍ପୂର୍ଣ୍ଣ ଘର ଓ ପାଇଖାନା ଗୁଡିକ ସମ୍ପୂର୍ଣ୍ଣ କରିବାକୁ ଜନସାଧାରଣରେ ଦାବି ହୋଇଛି ।

### ବହୁ ଚର୍ଚ୍ଚିତ ଝାରପୋଖରିଆ ବ୍ୟାଙ୍କ ଫ୍ରଡ୍ ମାମଲା

## ୫ ଅଭିଯୁକ୍ତଙ୍କୁ ୧୪ ବର୍ଷ ଲେଖାଏଁ ଜେଲ୍ ଦଣ୍ଡ, ୨୭ ଲକ୍ଷ ଟଙ୍କା ଜୋରିମାନା

ବାରିପଦା,(ପିଏନ)- ବହୁ ଚର୍ଚ୍ଚିତ ଝାରପୋଖରିଆ ବ୍ୟାଙ୍କ ଫ୍ରଡ୍ ମାମଲାର ବିଚାର କରି ଚିଫ୍ ଜୁଡିସିଆଲ ମାଜିଷ୍ଟ୍ରେଟ୍ ବିକାଶ ଚନ୍ଦ୍ର ଦେ ତାଙ୍କ ରାୟରେ ୫ ଅଭିଯୁକ୍ତଙ୍କୁ ୧୪ ବର୍ଷ ଲେଖାଏଁ ଜେଲ୍ ଦଣ୍ଡ ଓ ୨୭ ଲକ୍ଷ ଟଙ୍କା ଲେଖାଏଁ ଜୋରିମାନାରେ ଦଣ୍ଡିତ କରିଛନ୍ତି । ୨୦୧୨-୧୩ ଆର୍ଥିକ ବର୍ଷରେ ଝାରପୋଖରିଆ ସ୍ଥିତ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖାରେ ଓଡ଼ିଶା ସରକାରଙ୍କ ଜଳନିଧି ଯୋଜନାରେ ଚାଷୀଙ୍କୁ ପାଣି ପମ୍ପ ଯୋଗାଇ ଦିଆଯାଇଥିଲା । ଏହି ସମୟରେ ୩୧ ଜଣ ଚାଷୀଙ୍କ ନାମରେ ଜାଲ୍ କାଗଜପତ୍ର କରି ୧ କୋଟି ୩୧ ଲକ୍ଷ ଟଙ୍କାର ଜାଲିଆତି କରାଯାଇଥିବାର ବ୍ୟାଙ୍କ ମ୍ୟାନେଜର ଗିରିଜା ଚକ୍ରବର୍ତି ଥାନାରେ ଅଭିଯୋଗ କରିଥିଲେ । ଏହି ଋଣ ଜାଲିଆତି କୋଟିଏ ଟଙ୍କାରୁ ଅଧିକ ହୋଇଥିବାରୁ ମାମଲାକୁ କ୍ରାଇବବ୍ରାଂଚର ଅର୍ଥନୈତିକ ଅପରାଧିକ ଶାଖା (ଇଓଡ୍ଲ୍ୟୁ) ତଦନ୍ତ କରିଥିଲେ । ତଦନ୍ତ ପରେ ଅଭିଯୁକ୍ତଙ୍କ ନାମରେ ଇଓଡ୍ଲ୍ୟୁ ଚାର୍ଜସିଟ୍ ଦାଖଲ କରିଥିଲେ । ଆଜି ଉକ୍ତ ମାମଲାରେ ୩୧ ଜଣ ସାକ୍ଷୀଙ୍କ ବୟାନକୁ ଆଧାର କରି ଅଦାଲତ ତତ୍କାଳୀନ ବ୍ୟାଙ୍କ ମ୍ୟାନେଜର ଗିରିଜାଶଙ୍କର ମିଶ୍ର, ଫିଲ୍ଡ ଅଫିସର ସତ୍ୟରୂପା ମହାନ୍ତି, ପାଣିପମ୍ପ ସପ୍ଲାୟର ବଙ୍ଗାଳି ଜେନା, ତାଙ୍କ ପୁଅ ସୁଶାନ୍ତ ଜେନା ଏବଂ ପାଣି ପମ୍ପ କମ୍ପାନୀର ଏଜେଂଟ ସତ୍ୟାନନ୍ଦ ପାତ୍ରଙ୍କୁ ଆଇପିସିର ଧାରା ୧୬୭/୪୬୭/ ୪୬୮/୪୭୧/୪୦୬/୪୦୯/୪୨୦ ଓ ୧୨୦ ରେ ଦୋଷୀ ସାବ୍ୟସ୍ତ କରିବା ସହ ୧୪ ବର୍ଷ ଲେଖାଏଁ ଜେଲ୍ ଦଣ୍ଡ ସହ ୨୭ ଲକ୍ଷ ଲେଖାଏଁ ଜୋରିମାନାରେ ଦଣ୍ଡିତ କରିଛନ୍ତି । ସମସ୍ତ ୫ ଅଭିଯୁକ୍ତଙ୍କୁ ଆଜି ଗିରଫ ପରେ କୋର୍ଟଚାଲାଣ କରାଯାଇଛି ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Sunday March 31, 2024 ଭୁବନେଶ୍ୱର ରବିବାର, ମାର୍ଚ୍ଚ ୩୧ ,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ଛକ ବଜାରରୁ ହଟାଯାଉଛି ଫ୍ଲେକ୍ସ ହୋଡ଼ିଂ

ଧର୍ମଶାଳା,(ପିଏନ୍): ସାଧାରଣ ନିର୍ବାଚନ ପାଇଁ ଆଚରଣ ବିଧି ଲାଗୁ ହେବାପରେ ଧର୍ମଶାଳା ବ୍ଲକ୍ ପ୍ରଶାସନ ପକ୍ଷରୁ ଦୁଇଦିନ ହେଲା ଜାରକା ଓ ଆଖପାଖ ଛକ ବଜାରରୁ ବିଭିନ୍ନ ରାଜନୈତିକ ଦଳ ଏବଂ ସରକାରୀ ଯୋଜନାର ଫ୍ଲେକ୍ସ ହୋଡ଼ିଂ ହଟାଯାଉଛି । ଗତବର୍ଷ ଡିସେମ୍ବର ମାସରେ ନୂଆବର୍ଷ ଅଭିନନ୍ଦନ, ଶୁଭେଚ୍ଛା ଜଣାଇବା ପାଇଁ ନେତାମାନେ ରାସ୍ତା ପାର୍ଶ୍ୱରେ ଫ୍ଲେକ୍ସ ବ୍ୟାନର ଓ ହୋଡ଼ିଂ ଲଗାଇବା ସହିତ ରାସ୍ତା ଉପରେ ତୋରଣ କରିଥିଲେ । ୩ମାସ ବିତି ଯାଇଥିଲେ ମଧ୍ୟ କେହି ଏହାକୁ ହଟାଇନଥିଲେ । ତେବେ ନିର୍ବାଚନ ତାରିଖ ଘୋଷଣା ହେବା ପରେ ସରକାରୀ କର୍ମଚାରୀମାନେ ହୋଡ଼ିଂ ହଟାଇବା କାର୍ଯ୍ୟରେ ଲାଗିଛନ୍ତି । ସେହିପରି ବିଭିନ୍ନ ସରକାରୀ ଯୋଜନା ସଂପର୍କରେ କାନ୍ଥ ଓ ପାଚେରୀରେ ଲେଖା ହୋଇଥିବା ସୂଚନା ଉପରେ ରଙ୍ଗ ବୋଲାଯାଉଛି । କେତେକ ଫ୍ଲେକ୍ସ ହୋଡ଼ିଂ ଓ ବ୍ୟାନରକୁ ଲୋକେ ନେଇ ଯାଉଥିବା ବେଳେ ଅବଶିଷ୍ଟକୁ ନଷ୍ଟ କରିଦିଆଯାଉଛି । ତେବେ ଗ୍ରାମାଚଂଳରେ ଲଗାଯାଇଥିବା ଫ୍ଲେକ୍ସ ହୋଡ଼ିଂକୁ ହଟା ଯାଉନଥିବା ଅଭିଯୋଗ ହୋଇଛି ।



## ଗଜପତିରେ ସାଧାରଣ ନିର୍ବାଚ୍ନ ପାଇଁ ବିଭିନ୍ନ ଟିମ୍ ଗଠିତ: ସ୍ୱଚ୍ଛ, ଅବାଧ ଓ ଶାନ୍ତିପୂର୍ଣ୍ଣ ପରିଚ୍ାଳନା ପାଇଁ ପ୍ରଶାସନର ପ୍ରସ୍ତୁତ

ପାରଳାଖେମୁଣ୍ଡି,(ତାରିଣୀ ପ୍ରସାଦ ପଣ୍ଡା),(ପି.ଏନ): ଆଗାମୀ ସାଧାରଣ ନିର୍ବାଚ୍ନ ନିମନ୍ତେ ଆଜି ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷ ଠାରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଛି । ଗଜପତି ଜିଲ୍ଲାରେ ୪ ଲକ୍ଷ ୫୯ ହଜାର ୨୨୮ ଭୋଟର ରହିଥିବାବେଳେ ସେମାନଙ୍କ ମଧ୍ୟରୁ ୨ ଲକ୍ଷ ୨୪ ହଜାର ୪୦୫ ପୁରୁଷ ଓ ୨ ଲକ୍ଷ ୩୪ ହଜାର ୭୯୯ ଜଣ ମହିଳା ଭୋଟର ରହିଛନ୍ତି ଓ ତୃତୀୟ ଲିଙ୍ଗ-୨୪ ଜଣ ରହିଛନ୍ତି। ଏହାସହିତ ୨୫୪୦ ଜଣ ବରିଷ୍ଠ ନାଗରିକ, ୧୦୩୭୬ ଭିନ୍ନକ୍ଷମ ଭୋଟର ରହିଛନ୍ତି । ଜିଲ୍ଲାରେ ନିର୍ବାଚ୍ନ ଆଚ୍ରଣବିଧି ଲାଗୁ ହେବା ସହିତ ଏହାକୁ ତଦାରଖ କରିବା ପାଇଁ ବିଭିନ୍ନ ଟିମ୍ ଗଠନ କରାଯାଇଛି । ନିର୍ବାଚ୍ନକୁ ସଚ୍ଛ, ଅବାଧ ଓ ଶାନ୍ତିପୂର୍ଣ୍ଣ ଭାବେ ପରିଚ୍ାଳନା କରିବା ପାଇଁ ଜିଲ୍ଲାପ୍ରଶାସନ ପକ୍ଷରୁ ଅନୁରୋଧ କରାଯାଇଛି । ନିର୍ବାଚ୍ନ ନିମନ୍ତେ ଜିଲ୍ଲାରେ ୫୭୩ ଟି ମତଦାନ କେନ୍ଦ୍ର କରାଯାଇଛି ବିଶେଷ କରି ମୋହନା ନିର୍ବାଚ୍ନ ମଣ୍ଡଳୀରେ ୨୯୭ ବୁଥ ଓ ପାରଳାଖେମୁଣ୍ଡି ନିର୍ବାଚ୍ନ ମଣ୍ଡଳୀରେ ୨୭୬ ବୁଥ ରହିଛି , ଏହା ସହିତ ବୟସ୍କ ଭୋଟର ଓ ଭିନ୍ନକ୍ଷମ ଭୋଟରମାନେ କିପରି ସୁବିଧାରେ ନିଜର ମତଦାନଭକରିବେ ସେ ନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ ସମସ୍ତ ବ୍ୟବସ୍ଥା କରାଯାଇଛି । ଉକ୍ତ ସାମ୍ବାଦିକ ସମ୍ମିଳନୀରେ ଗଜପତି ଆରକ୍ଷୀ ଅଧିକ୍ଷକ ସୁଶ୍ରୀ ସ୍ୱାତୀ ଏସ କୁମାର,ଅତିରିକ୍ତ ଜିଲ୍ଲାପାଳ ବୀରେନ୍ଦ୍ର କୁମାର ଦାସ ଓ ରାଜେନ୍ଦ୍ର ମିଞ୍ଜ, ମୁଖ୍ୟ ଉନ୍ନୟନ ଅଧିକାରୀ ଜିଲ୍ଲାପରିଷଦ ଗଜପତି ଡ଼.ଗୁଣାନିଧି ନାୟକ, ଉପଜିଲ୍ଲାପାଳ ପାରଳାଖେମୁଣ୍ଡି ଶ୍ରୀ ଅନୁପ ପଣ୍ଡା , ଡେପୁଟୀ କଲେକ୍ଟର ଶ୍ରୀ କମଳକାନ୍ତ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।




## ଶେଷ ପରିଚୟ ବୃଦ୍ଧାଶ୍ରମ ଠାରେ ଐଶ୍ୱରୀୟାଙ୍କ ଜନ୍ମଦିନ ପାଳନ

ଯାଜପୁର,(ପି.ଏନ): ଯାଜପୁର ଜିଲ୍ଲାର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ ଅନ୍ୱେଷଣ ଥିଏଟର ଗ୍ରୁପର ଏକ ନିଆରା ଭାବରେ ଅନୁଷ୍ଠାନର କୁନି ସଦସ୍ୟା ଐଶ୍ୱରୀୟା ସାହୁଙ୍କ ଜନ୍ମଦିନ ପାଳନ କରାଗଲା। ସକାଳୁ ସକାଳୁ ସମସ୍ତ ଦସ୍ୟ ଓ ଦସ୍ୟାମାନେ ଏକତ୍ରିତ ହୋଇ ପାଣିକୋଇଲି ସ୍ଥିତ ଶେଷ ପରିଚୟ ବୃଦ୍ଧାଶ୍ରମ ଠାରେ ପହଞ୍ଚି ଉପସ୍ଥିତ ଥିବା ମଉସା, ମାଉସୀ ମାନଙ୍କୁ ପ୍ରଣାମ କରି, ସୁଖ ଦୁଃଖ ବାଣ୍ଟିବା ସହ ମିଷ୍ଟାନ୍ନ ଓ ଫଳମୂଳ ଖୁଆଇ ଦେଇ ଗୁରୁଜନଙ୍କ ଠାରୁ କୁନି ଝିଅ ପାଇଁ ଆଶୀର୍ବାଦ ଭିକ୍ଷା କଲେ। କୁନି ସଦସ୍ୟା ଐଶ୍ୱରୀୟା ସାହୁଙ୍କ ସମେତ ସମସ୍ତ ସଦସ୍ୟ ଓ ସଦସ୍ୟା ମାନଙ୍କ ନିଷ୍ଠାପର କାର୍ଯ୍ୟକ୍ରମରେ ସନ୍ତୁଷ୍ଟ ହୋଇ ଉପସ୍ଥିତ ଥିବା ସମସ୍ତ ଗୁରୁଜନମାନେ ଐଶ୍ୱରୀୟଙ୍କୁ ଆଶୀର୍ବାଦ ପ୍ରଦାନ କରିବା ସହିତ ଅନ୍ୱେଷଣ ପରିବାରର ଏଭଳି ଏକ ନିଆରା ଚିନ୍ତାଧାରାକୁ ପ୍ରଶଂସା କରିଥିଲେ। ଏହି ମହତ୍ କାର୍ଯ୍ୟକ୍ରମରେ ଅନୁଷ୍ଠାନର ସଭାପତି ବୃନ୍ଦାବନ ମିଶ୍ର, ଉପ-ସଭାପତି ଉପେନ୍ଦ୍ର କୁମାର ଯେନା, ସାଂସ୍କୃତି ସମ୍ପାଦକ ଶଙ୍କର ସାହୁ, ବରିଷ୍ଠ ସଦସ୍ୟା ଶକୁନ୍ତଳା ବେହେରା, ମନିଷା ରାଉତ, ସାଇସ୍ମିତା ବେହେରା, ଐଶ୍ୱରୀୟା ସାହୁ, ସମ୍ପାଦକ ଅଭିମନ୍ୟୁ ମିଶ୍ର ଉପସ୍ଥିତ ଥିଲେ।

## ବସ ଓ ପିକଅପ ଭ୍ୟାନ ମଧ୍ୟରେ ମୁହାଁମୁହିଁ ଧକ୍କା



ମାଲକାନଗିରି,(ପି.ଏନ): ମାଲକାନଗିରି ଜିଲ୍ଲା ଅନ୍ତର୍ଗତ ଏମଭି - ୨୩ ଗ୍ରାମ ନିକଟସ୍ଥ ପେଟ୍ରୋଲ ପମ୍ପ ଛକ ଠାରେ ବସ ଓ ପିକଅପ ଭ୍ୟାନ ସହିତ ମୁହାଁ ମୁହିଁ ଧକ୍କା ହେବା ଫଳରେ ଘଟଣାସ୍ଥଳରେ ବସ ଡ୍ରାଇଭର ର ମୃତ୍ୟୁ ହୋଇଥିବା ବେଳେ ୪ ଜଣ ଗୁରୁତର ହୋଇଥିବା ଜଣାପଡ଼ିଛି ।ମିଳିଥିବା ସୂଚ୍ନା ଅନୁସାରେ ଆଜି ସନ୍ଧ୍ୟା ୬.୩୦ମିନିଟ ସମୟରେ ଏମଭି - ୭୯ରୁ ଯାତ୍ରୀମାନଙ୍କୁ ନେଇ ଏକ ବସ ବିଶାଖାପାଟଣା ଅଭିମୁଖେ ଯାଉଥିବା ବେଳେ ମାଲକାନଗିରିରୁ କାଲିମେଳା ଏକ ପିକଅପ ଭ୍ୟାନ ଲୁହା ପାଇପ ବୋଝେଇ କରି ଦ୍ରୁତ ଗତିରେ ଆସୁଥିଲା । ମାଲକାନଗିରି ମୋଟୁ ଜାତୀୟ ରାଜପଥର ଏମଭି- ୨୩ ପେଟ୍ରୋଲ ପମ୍ପ ନିକଟରେ ବସ ଓ ପିକଅପ ଭ୍ୟାନ ମଧ୍ୟରେ ମୁହାଁମୁହିଁ ଧକ୍କା ହୋଇଥିଲା । ପିକଅପ ଭ୍ୟାନରେ ଲୋଡ଼ ହୋଇଥିବା ଲୁହା ପାଇପ ବସ ଡ୍ରାଇଭରର ବେକରେ ସିଧାସଳଖ ପଶି ଯିବାରୁ ଘଟଣାସ୍ଥଳରେ ଡ୍ରାଇଭର ଆର.ବି . ରାଓଙ୍କ ମୃତ୍ୟୁ ହୋଇଥିଲା । ମୃତ୍ୟୁ ଡ୍ରାଇଭରଙ୍କ ଘର ଆନ୍ଧ୍ର ପ୍ରଦେଶର ବିଜୟା ନଗର ଅଞ୍ଚଳରେ ବୋଲି ଜଣା ପଡ଼ିଛି ।ସେହିପରି ପିକଅପ ଭ୍ୟାନ ଡ୍ରାଇଭର ମାଲକାନଗିରି ଅଞ୍ଚଳର ମୋହନ ସୁନା । ତାଙ୍କ ଅବସ୍ଥା ଗୁରୁତର ଥିବାରୁ କାଲିମେଳା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିବାର ଜଣା ପଡିଛି । ଚ୍ାରି ଜଣ ଗୁରୁତର ବ୍ୟକ୍ତି ମାନଙ୍କୁ ପ୍ରଥମେ କାଲିମେଳାରେ ଭର୍ତ୍ତି କରାଯାଇ ଚ୍ିକିତ୍ସା କରାଯାଇଥିଲା ।ପରେ ଅବସ୍ଥା ସଂକଟାପନ୍ନ ହେବାରୁ ମାଲକାନଗିରି ଜିଲ୍ଲା ମୁଖ୍ୟ ଚ୍ିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇ ଚ୍ିକିତ୍ସା ଜାରି ରହିଛି । ପୋଲିସ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟରେ ସହାୟତା କରିଛି ।

## ମହାନଦୀ ଅବବାହିକା ବାଲିଡିଆ ଆମ୍ବଗଛ ଘୋଲାରେ ବ୍ୟାପକ ହେନ୍ତାଳ ଚ୍ାରାରୋପଣ

ପାରାଦୀପ,(ପି.ଏନ): ଜଗତସିଂହପୁର ଜିଲ୍ଲାର ଅଗ୍ରଣୀ ପରିବେଶ ଓ ପ୍ରକୃତିପ୍ରେମୀ ଅନୁଷ୍ଠାନ ବାବା ବାଲୁଙ୍କେଶ୍ୱର ଗ୍ରାମ୍ୟ ବିକାଶ ପରିଷଦ ତରଫରୁ ଦୀର୍ଘ ଦୁଇ ମାସ ଧରି ଲଗାତାର ଭାବେ ବ୍ୟାପକ ହେନ୍ତାଳ ଚ୍ାରା ରୋପଣ କାର୍ଯ୍ୟକ୍ରମ ଚ୍ାଲୁ ରହିଛି । ବାଲିଡିଆ ସନ୍ନିକଟ ମହାନଦୀର ମଧ୍ୟ ଭାଗରେ ଥିବା ଆମ୍ବଗଛଘୋଲା, ସିଙ୍ଗିଟାଳି ନିକଟସ୍ଥ ଗୋଲେଇ ଜୋର ଓ ଫୁଲବେଲାରୀ ନିକଟସ୍ଥ ତେଲେଙ୍ଗାଡିଆ ଏବଂ ବରେଇ ଜୋରର ବ୍ୟାପକ ଅଞ୍ଚଳରେ ଦୀର୍ଘ ଦୁଇ ମାସ ଧରି ଏପଯ୍ୟନ୍ତ ପାଞ୍ଚ ହଜାରରୁ ଊର୍ଦ୍ଧ ଚ୍ାରାରୋପଣ କରାଯାଇସାରିଲାଣି । ଦଶ ବର୍ଷ ତଳେ ବାଲିଡିଆ ନିକଟସ୍ଥ ଆମ୍ବଗଛଘୋଲାରେ ଲଗାଯାଇଥିବା ଦୁଇ ହଜାର ଓରୁଅ,କେରୁଆ ମଞ୍ଜି ଓ ଚ୍ାରା ବର୍ତମାନ ମହାଦ୍ରୁମରେ ପରିଣତ ହୋଇସାରିଛି କ୍ଷ ଏବେ ସେହି ସ୍ଥାନର ଅବଶିଷ୍ଟ ଅଂଶରେ ତିନି ହଜାରରୁ ଊର୍ଦ୍ଧ ବ୍ୟାପକ ସିନ୍ଦୁକା, ବଣି, ରାଇ,ଗାରଣୀ ଆଦି ଚ୍ାରାରୋପଣ କରିବା ସହିତ ସ୍ଥାନୀୟ ମତ୍ସ୍ୟଜୀବି ଓ ମଈଶି ରଖି ଜୀବକା ନିର୍ବାହ କରୁଥିବା ବ୍ୟକ୍ତିବିଶେଷଙ୍କୁ ଉପକୂଳ ଅଞ୍ଚଳରେ ହେନ୍ତାଳ ଜଙ୍ଗଲର ଆବଶ୍ୟକତା ବିଷୟରେ ବ୍ୟପାକ ସଚେତନତା କରାଯାଇଛି । ସେହିପରି ତିନି ବର୍ଷ ତଳେ ଫୁଲବେଲାରୀ ରେ ଅନୁଷ୍ଠାନ ତରଫରୁ ଶତାଧିକ ହେନ୍ତାଳ ମଞ୍ଜି ରୋପଣ କରାଯାଇଥିଲା । ସେଥିରେ ବ୍ୟାପକ ଅଗ୍ରଗତି ପରିଲକ୍ଷିତ ହେବାରୁ ଏହି ବର୍ଷ ପୁଣି ସେଇ ସ୍ଥଳରେ ଦୁଇ ହଜାରରୁ ଊର୍ଦ୍ଧ ସିନ୍ଦୁକା, ଗାରାଣୀ, ବନ୍ଦରି, କାଳିଆଚୂଆ, ପେନସିଲ ପ୍ରଭୃତି ଚ୍ାରା ପୁନଃରୋପଣ କରାଯାଇଛି । ଉକ୍ତ ସ୍ଥାନରେ ନଦୀ ତାର ଗତିପଥ ବାରମ୍ବାର ବଦଳାଇ ଅତ୍ୟଧିକ କୂଳ ଖାଉଛି,ଯାହାଦ୍ୱାରା ପ୍ରଚୁର ମାତ୍ରାରେ ମୃର୍ତ୍ତିକା କ୍ଷୟ ହେଉଛି । ଏହି ବ୍ୟାପକ ଚ୍ାରାରୋପଣ ଓ ହେନ୍ତାଳ ବନ ସୃଷ୍ଟି ଦ୍ୱାରା ଏସବୁ ବିପର୍ଯ୍ୟୟକୁ ପ୍ରତିହତ କରାଯାଇପାରିବ ବୋଲି ଅନୁଷ୍ଠାନ ପକ୍ଷରୁ କୁହାଯାଇଛି ।



# ADVERTISEMENT TARIFF

## WITH EFFECT FROM 31ST MARCH 2024

| | B/W Per Sq.cm Rs. |
|---|---|
| Front Page | 100/- |
| Inner Page | 50/- |
| Back Page | 75/- |
| Ear Panel | 1500/- |
| Back Panel | 1000/- |
| Tender Notice | 50/- |
| Appointment | 50/- |

| | Colour Per Sq.cm Rs. |
|---|---|
| Front Page | 200/- |
| Inner Page | 100/- |
| Back Page | 150/- |
| Ear Panel | 3000/- |
| Back Panel | 2000/- |

| | |
|---|---|
| Classified Advt | Rs.10/- per word,Bold Rs.20/- Box, Photograph-Rs.200/- (Extra) |

N.B:- For Colour 100% Extra ▪ For Special position 25% Extra

DIGITAÖ

Paryabekhyak e-paper (online Edition)

| Place | Size pixel | Rate |
|---|---|---|
| Left Banner Top | Regular size | Weekly-2500/- Monthly- 10,000/- |
| Right Banner Top | Regular size | Weekly-2500/- Monthly- 10,000/- |
| Left Banner Bottom | Regular size | Weekly-2000/- Monthly- 8,000/- |
| Right Banner Bottom | Regular size | Weekly-2000/- Monthly- 8,000/- |

log on to www.paryabekhyak.com

* Conditions apply * Negotiable

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ
PARYABEKHYAK

N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674< 2550751/2555116, Fax No. : 2550504 M-9853400829

E-maiö: paryabekhyak@gmail.com
editorpbkc@gmail.com


Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray